୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK ପର୍ଯ୍ୟବେକ୍ଷକ

Vol.26 . No.243 Bhubaneswar Friday November 08 2024 | ୨୬ତମ ବର୍ଷ ସଂଖ୍ୟା–୨୪୩ ଭୁବନେଶ୍ୱର, ଶୁକ୍ରବାର, ନଭେମ୍ବର ୦୭, ୨୦୨୪ | (୮ ପୃଷ୍ଠା) | ମୂଲ୍ୟ–୧.୫୦ ₹1.50 | (Air Surcharge - 0.50P) | Member-INS

## ପୁଣି ନବୀନ ସରକାରଙ୍କୁ ଟାର୍ଗେଟ୍ କଲେ ମୁଖ୍ୟମନ୍ତ୍ରୀ, ଅପରାଧୀଙ୍କୁ ଦେଲେ ଚେତାବନୀ



ଭୁବନେଶ୍ୱର,୭।୧୧(ପି.ଏନ): ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ପୁଣିଥରେ ପୂର୍ବର ନବୀନ ପଟ୍ଟନାୟକ ସରକାରଙ୍କୁ କଡା ଭାଷାରେ ସମାଲୋଚନା କରିବା ସହ ଅପରାଧୀଙ୍କୁ ମଧ୍ୟ ସୁଧୁରିଯିବାକୁ ଚେତାବନୀ ଦେଇଛନ୍ତି । ରାଜ୍ୟରେ ଥିବା ପୂର୍ବ ସରକାର ପ୍ରତ୍ୟେକଦିନ ମହିଳା ସଶକ୍ତିକରଣ କଥା କହୁଥିଲେ କିନ୍ତୁ ମହିଳାଙ୍କ ଉପରେ ହିଂସା ନିୟମିତ ବ?ିଚାଲିଥିଲା । ଆଉ ଦଣ୍ଡବିଧାନ ହାର ଅତ୍ୟନ୍ତ ଲଜ୍ଜାଜନକ ଥିଲା ବୋଲି ଶ୍ରୀ ମାଝୀ କହିଛନ୍ତି । ଆଜି ଲୋକସେବା ଭବନରେ ଆୟୋଜିତ ଭାରତୀୟ ନାଗରିକ ସୁରକ୍ଷା ସଂହିତା ଓ ଭାରତୀୟ ନ୍ୟାୟ ସଂହିତା ସଚେତନତା କାର୍ଯ୍ୟକ୍ରମରେ ଯୋଗ ଦେଇ ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ କହିଥିଲେ ଯେ, ଓଡିଶାରେ ପୂର୍ବ ସରକାରରେ ଆଇନର ଶାସନ କାର୍ଯ୍ୟକାରୀ କରିବାକୁ ଇଚ୍ଛାଶକ୍ତିର ଅଭାବ ଥିଲା । ଆମ ଦେଶରେ ବିଭିନ୍ନ ଅପରାଧକୁ ସମାଧାନ କରିବା ପାଇଁ ଆଇନର ଅଭାବ ନାହିଁ। ଯଦି କିଛି ଅଭାବ ଅଛି ତାହା ହେଉଛି କାର୍ଯ୍ୟକାରୀ କରିବାରେ ?ିଲା ମନୋଭାବ । ସେ ଉଦାହରଣ ଦେଇ କହିଥିଲେ ଯେ, ମହିଳା ହିଂସା ସମ୍ପର୍କିତ ମକଦ୍ଦମାର ଦଣ୍ଡବିଧାନ ହାର ଓଡିଶାରେ ଗୋଟିଏ ଅଙ୍କରେ ରହିଛି । ୨୦୨୨ ମସିହାର ଏନସିଆରବି ତଥ୍ୟ ଅନୁସାରେ ମହିଳା ହିଂସା ବିରୋଧରେ ଦଣ୍ଡବିଧାନ ହାର ଉତ୍ତରପ୍ରଦେଶରେ ୭୦.୮ ପ୍ରତିଶତ, ମିଜୋରାମରେ ୬୮ପ୍ରତିଶତ ଓ ବିହାରରେ ୬୦.୯ ପ୍ରତିଶତ । କିନ୍ତୁ ଆମ ଓଡିଶାରେ ଏହା ମାତ୍ର ୯.୩ ପ୍ରତିଶତ ରହିଛି, ଯାହାକି ଲଜ୍ଜାଜନକ । ପୂର୍ବ ସରକାର ପ୍ରତ୍ୟେକ ଦିନ ମହିଳା ସଶକ୍ତିକରଣ କଥା କହୁଥିଲେ । ଏହା କିପ୍ରକାରର ମହିଳା ସଶକ୍ତିକରଣ, ତାହା ବୁଝିବାର ଶକ୍ତି ବାହାରେ ବୋଲି ସେ କହିଥିଲେ । ଓଡିଶାରେ ଏଭଳି ଲଜ୍ଜାଜନକ ପରିସ୍ଥିତି ପାଇଁ କେବଳ ଦୁଇଟି କାରଣ ଦାୟୀ । ପ୍ରଥମଟି ହେଉଛି ଖାମଖିଆଲି ଢଙ୍ଗରେ ତଦନ୍ତ ଓ ଦ୍ୱିତୀୟଟି ହେଉଛି ରାଜନୀତିକ ଇଚ୍ଛାଶକ୍ତିର ଅଭାବ ।କିନ୍ତୁ ଏବେ ଆଉ ସେସବୁ ଚାଲିବ ନାହିଁ । ଅପରାଧୀ ସୁଧୁରି ଯାଆନ୍ତୁ ନହେଲେ ସୁଧାରିବା ପାଇଁ ସରକାରଙ୍କ ପାଖରେ ବହୁତ ବାଟ ଅଛି ବୋଲି ବିଧାନସଭାରୁ କହିସାରିଛି । ଗତ ଜିଲ୍ଲାପାଳ ଓ ଏସପି ସମ୍ମିଳନୀରେ ମଧ୍ୟ ଏ କଥା କହିଥିଲି । ରାଜ୍ୟର ବିଭିନ୍ନ ପୁଲିସ ଷ୍ଟେସନ ଓ କୋର୍ଟରେ ଲମ୍ବିତ ଥିବା ମହିଳା ହିଂସା ସମ୍ବନ୍ଧୀୟ ସବୁ ମାମଲାକୁ ତର୍ଜମା କରାଯାଇ ଦଣ୍ଡବିଧାନ କରିବାକୁ ପଦକ୍ଷେପ ନିଆଯାଉ । ସେ ସେଠାରେ ଉପସ୍ଥିତ ଥିବା ଆଇନ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନଙ୍କୁ ମଧ୍ୟ ଏହି କାମକୁ ଯୁଦ୍ଧକାଳୀନ ଭିତ୍ତିରେ ତଦାରଖ କରିବାକୁ ପରାମର୍ଶ ଦେବା ସହ ଆବଶ୍ୟକ ପଡିଲେ ସ୍ୱତନ୍ତ୍ର କୋର୍ଟ ସ୍ଥାପନ ଦିଗରେ ପଦକ୍ଷେପ ନେବାକୁ କହିଥିଲେ ।

## ତହସିଲ୍ ଅଫିସ୍ ଦୌଡନ୍ତୁନି, ଡିସେମ୍ବର ୩୦ ସୁଦ୍ଧା ସ୍କୁଲକୁ ମିଳିବ ଜମି ପଟ୍ଟା: ରାଜସ୍ୱ ମନ୍ତ୍ରୀ



ଭୁବନେଶ୍ୱର,୭।୧୧(ପି.ଏନ): ଏଣିକି ସବୁ ଶିକ୍ଷାନୁଷ୍ଠାନକୁ ମିଳିବ ପଟ୍ଟା । ଏନେଇ ଘୋଷଣା କଲେ ରାଜସ୍ୱ ମନ୍ତ୍ରୀ । ସବୁ ସ୍କୁଲକୁ ଜମି ପଟ୍ଟା ଦିଆଯିବା ନେଇ ରାଜସ୍ୱ ମନ୍ତ୍ରୀ ସୁରେଶ ପୂଜାରୀ ଘୋଷଣା କରିଛନ୍ତି । ଡିସେମ୍ବର ୩୦ ସୁଦ୍ଧା ସମସ୍ତ ସ୍କୁଲ ଏବଂ କଲେଜକୁ ଜମି ପଟ୍ଟା ଦିଆଯିବ । ମନ୍ତ୍ରୀ ସୁରେଶ ପୂଜାରୀ କହିଛନ୍ତି, “ସମସ୍ତେ ସ୍କୁଲ ଜମି ପଟ୍ଟା ପାଇବେ । ଏନେଇ କାର୍ଯ୍ୟ ମଧ୍ୟ ଆରମ୍ଭ ହୋଇସାଇଛି । ଶିକ୍ଷକମାନେ ପାଠପଢା ଛାଡି ତହସିଲ୍ ଅଫିସ୍ ଦୌଡିବାର କୌଣସି ଆବଶ୍ୟକତା ନାହିଁ । ୨୦ ରାଜସ୍ୱ ଗ୍ରାମ ନେଇ ପ୍ରସ୍ତାବ ରହିଥିଲା । ଗ୍ରାମରେ ଜନଗଣନା ମଧ୍ୟ ଆରମ୍ଭ ହୋଇସାରିଛି । ଡିସେମ୍ବର ୩୦ ସୁଦ୍ଧା ସବୁ ସ୍କୁଲ ଏବଂ କଲେଜକୁ ଜମି ପଟ୍ଟା ଦିଆଯିବ ।”

## ରାଜସ୍ୱ ବିଭାଗରୁ ହଟିବ ପୁରୁଣା ଆଇନ, ବଦଳିବ ରିଲିଫ କୋଡ

ଭୁବନେଶ୍ୱର,୭।୧୧(ପି.ଏନ): ଓଡ଼ିଶା ରାଜସ୍ୱ ବିଭାଗରୁ ହଟିବ ପୁରୁଣା ଆଇନ୍ । ବଦଳିବ ରିଲିଫ କୋଡ । ରିଲିଫ ଏକ ‘ଦୟା’ ଶବ୍ଦ । ଆଉ ଦୟା ନୁହେଁ, ଏଥର ଲୋକଙ୍କୁ ଅଧିକାର ମିଳିବ । ରିଲିଫ କୋଡ ଅଧିକାର ଆଇନରେ ପରିଣତ ହେବ । ଜାନୁଆରୀ ପହଲାରୁ ଜନଗଣନା ହେବାର ଆଭାସ ମିଳୁଥିବାରୁ ଯଥାଶୀଘ୍ର ନୂଆ ରାଜସ୍ୱ ଗ୍ରାମ ପ୍ରସ୍ତାବ ବିଭାଗକୁ ପଠାଇବା ପାଇଁ ନିର୍ଦ୍ଦେଶ ଦିଆଯାଇଛି ବୋଲି କହିଛନ୍ତି ରାଜସ୍ୱ ମନ୍ତ୍ରୀ ।ରାଜସ୍ୱ ସେବାର କାମ କେତେ ଠିକ୍ ଭାବେ ଗରିବ ଲୋକଙ୍କ ପାଖରେ ପହଞ୍ଚିଛି ସେ ନେଇ ଲୋକସେବା ଭବନରେ ସମୀକ୍ଷା କରି ଏହା କହିଛନ୍ତି ରାଜସ୍ୱ ମନ୍ତ୍ରୀ । ଡିସେମ୍ବର ୩୧ ସୁଦ୍ଧା ସମସ୍ତ ଶିକ୍ଷାନୁଷ୍ଠାନକୁ ମିଳିବ ଜମି ପଟ୍ଟା । ଏଣିକି ସ୍କୁଲ, କଲେଜ କର୍ତ୍ତୃପକ୍ଷ ତହସିଲ କାର୍ଯ୍ୟାଳୟ ଗୋଡିବା ବଦଳରେ ତହସିଲ କର୍ମଚାରୀ ତାଙ୍କ ପାଖକୁ ଯିବେ । ବିଭିନ୍ନ ପ୍ରମାଣ ପତ୍ର କାହିଁକି ବିଳମ୍ବ ହେଉଛି, ତାକୁ ସରିବା ପାଇଁ ନିର୍ଦ୍ଦେଶ ଦିଆଯାଇଛି ।ପ୍ରତିଦ୍ୱନ୍ଦ୍ୱି ନଥିବା ମାମଲା କାହିଁକି ବିଳମ୍ବ ହେଉଛି ? ପେଣ୍ଡିଙ୍ଗ କେସ ଯେମିତି ରହିବ ନାହିଁ, ତାହା ଉପରେ ଗୁରୁତ୍ୱ ଦେବାକୁ ନିର୍ଦ୍ଦେଶ ଦିଆଯାଇଛି । ଡିସେମ୍ବର ୩୧ ସୁଦ୍ଧା ଚୂଡାନ୍ତ ରିପୋର୍ଟ ଦେବା ପାଇଁ ନିର୍ଦ୍ଦେଶ ରହିଛି । ଲୋକଙ୍କୁ ସେବା ଯୋଗାଇବାରେ କୌଣସି ବାହାନାକୁ ବରଦାସ୍ତ କରାଯିବ ନାହିଁ । ଯଦି କୌଣସି ସମସ୍ୟା ହେଉଛି, ତେବେ ସେ ନେଇ ଜିଲ୍ଲାପାଳଙ୍କୁ ଜଣାଇବାକୁ ଅଧିକାରୀଙ୍କୁ କୁହାଯାଇଛି ବୋଲି ମନ୍ତ୍ରୀ କହିଛନ୍ତି ।

## ଗୋଟିଏ ଦିନରେ ୨ ଲକ୍ଷ କୋଟି ଆୟ କଲେ ଏଲନ ମସ୍କ

ୱାଶିଂଟନ,୭।୧୧: ଆମେରିକା ରାଷ୍ଟ୍ରପତି ନିର୍ବାଚନରେ ଡୋନାଲ୍ଡ ଟ୍ରମ୍ପଙ୍କ ବିଜୟ ପରେ ଭାରତ ସମେତ ବିଶ୍ୱର ବିଭିନ୍ନ ଷ୍ଟକ ବଜାରରେ ଉତ୍ସାହ ଦେଖାଦେଇଛି । ସେପଟେ ବିଶ୍ୱର ସବୁଠାରୁ ଧନୀବ୍ୟକ୍ତି ଏଲନ ମସ୍କ ମାଲାମାଲ ହୋଇଯାଇଛନ୍ତି । କାରଣ ୨୪ ଘଣ୍ଟାରେ ତାଙ୍କ କମ୍ପାନିର ସେୟାର ମୂଲ୍ୟ ୧୫ ପ୍ରତିଶତ ବୃଦ୍ଧି ପାଇଛି । ଏହି ୨୪ ଘଣ୍ଟାରେ ସେ ପ୍ରାୟ ୨୬୦୦ କୋଟି ଡଲାର ବା ୨ ଲକ୍ଷ କୋଟି ଟଙ୍କା ଆୟ କରିଦେଇଛନ୍ତି । ଏହାର କାରଣ ହେଉଛି ନିର୍ବାଚନ ପ୍ରଚାର ବେଳେ ମସ୍କ ରାଷ୍ଟ୍ରପତି ପ୍ରାର୍ଥୀ ଡୋନାଲ୍ଡ ଟ୍ରମ୍ପଙ୍କୁ ସମର୍ଥନ କରିଥିଲେ । ଏପରିକି ନିର୍ବାଚନ ପ୍ରଚାର ପାଇଁ ୧୩୦ ନିୟୁତ ଡଲାର ଦାନ କରିଥିଲେ । ଏବେ ଟ୍ରମ୍ପ ଜିତିବା ପରେ ଆମେରିକୀୟ ରାଜନୀତିରେ ମସ୍କଙ୍କ ପ୍ରଭାବ ବଢିବାର ସମ୍ଭାବନା ରହିଛି । ଟ୍ରମ୍ପଙ୍କ ପ୍ରଶାସନରେ ଟେସ୍ଲା ଏବଂ ସ୍ୱ?ସ୍ ଏକ୍ସର ମୁଖ୍ୟ ମସ୍କଙ୍କୁ ଗୁରୁତ୍ୱପୂର୍ଣ୍ଣ ଭୂମିକା ମିଳିପାରେ ବୋଲି ଆଶା କରାଯାଉଛି । ନିକଟରେ ଟ୍ରମ୍ପ ମସ୍କଙ୍କୁ ପ୍ରଶଂସା କରି କହିଥିଲେ ଯେ ତାଙ୍କ ନେତୃତ୍ୱରେ ଏଲନ୍ ମସ୍କଙ୍କ ଦକ୍ଷତାର ସମ୍ପୂର୍ଣ୍ଣ ଉପଯୋଗ କରାଯିବ । ଟ୍ରମ୍ପ କହିଛନ୍ତି, ସେ ଜଣେ ଚମତ୍କାର ବ୍ୟକ୍ତି । ସେ ଜଣେ ସୁପର୍ ଜିନିୟସ୍ । ଆମକୁ ଆମର ପ୍ରତିଭାକୁ ରକ୍ଷା କରିବାକୁ ହେବ । ଆମ ପାଖରେ ଅଧିକ ଲୋକ ନାହାନ୍ତି ।

## ଆମର ବାର ବର୍ଷର ତପସ୍ୟାକୁ ବିଜେପି ସରକାର ଶୁଖୁଆ ପୋଡ଼ାରେ ସାରିଦେଲେ’: ନବୀନ ପଟ୍ଟନାୟକ



ଭୁବନେଶ୍ୱର,୭।୧୧(ପି.ଏନ): ଟାକୁଆ ଜାଉ ଖାଇ ୨ ଜଣଙ୍କ ମୃତ୍ୟୁ ଘଟଣାରେ ଟାର୍ଗେଟ କଲେ ନବୀନ । ରାଜ୍ୟ ସରକାରଙ୍କୁ ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ କଡ଼ା ସମାଲୋଚନା । କହିଲେ- ‘ଆମର ବାର ବର୍ଷର ତପସ୍ୟାକୁ ବିଜେପି ସରକାର ଶୁଖୁଆ ପୋଡ଼ାରେ ସାରିଦେଲେ । ଆମ ସରକାରଙ୍କ ବିକାଶମୂଳକ ଯୋଜନା ଲୋକଙ୍କୁ ବଞ୍ଚିବାକୁ ଶକ୍ତି ଦେଇଥିଲା । ଏବେ ବିନା କାରଣରେ ଗରିବ ଆଦିବାସୀଙ୍କ ଚାଉଳକୁ ବନ୍ଦ କରିଛନ୍ତି । ସେମାନେ ଆମ୍ବ ଟାକୁଆ ଖାଉଛନ୍ତି, ଏହା ବହୁତ ଦୁଃଖର କଥା- ନବୀନ ।କିଛିଦିନ ତଳେ ଟାକୁଆ ଜାଉ ଖାଇ ୨ ଜଣଙ୍କ ମୃତ୍ୟୁ ହୋଇଛି । ଯାହାକୁ ନେଇ ରାଜ୍ୟ ରାଜନୀତି ହୁଲସ୍ଥୁଲ । ଦୀପାବଳିରେ ସାମ୍ନାକୁ ଆସିଥିଲା ଏହି ଅଭାବନୀୟ ଘଟଣା । ଆମ୍ବ ଟାକୁଆ ଖାଇ ୨ଜଣଙ୍କ ମୃତ୍ୟୁ ହୋଇଥିବା ବେଳେ ୭ଜଣ ଅସୁସ୍ଥ ହୋଇଥିବା ଜଣାପଡିଥିଲା । ତେବେ ସମସ୍ତ ଗୁରୁତରଙ୍କୁ ଉଦ୍ଧାର କରାଯାଇ ବ୍ରହ୍ମପୁର ଏମକେସିଜିରେ ଭର୍ତ୍ତି କରାଯାଇଥିଲା । ଦାରିଙ୍ଗବାଡି ବ୍ଲକ ମାଣ୍ଡିପଙ୍କା ଗାଁରେ ଏହି ଅଭାବନୀୟ ଘଟଣାକୁ ନେଇ ରାଜ୍ୟ ଉଠୁଛି ପଡୁଛି । ସୂଚନା ଅନୁସାରେ ଏହି ମୃତ ମହିଳା ଦୁଇ ଜଣ ୨ ଦିନ ପୂର୍ବରୁ ଆମ୍ବ ଟାକୁଆ ଖାଇଥିବା ବେଳେ ଗତ ଶୁକ୍ରବାର ସେମାନଙ୍କର ସ୍ୱାସ୍ଥ୍ୟବସ୍ଥା ବିଗିଡି ଯାଇଥିଲା । ଫଳରେ ସେମାନଙ୍କୁ ହସ୍ପିଟାଲରେ ଭର୍ତ୍ତି କରାଯାଇଥିଲା । ସେମାନଙ୍କ ମଧ୍ୟରୁ ୨ଜଣଙ୍କ ମୃତ୍ୟୁ ହୋଇଥିଲା ।

## କାର୍ଯ୍ୟକ୍ରମ କାର୍ଯ୍ୟକାରୀ କମିଟି ବୈଠକରେ ବିଜେଡିର ଆଗାମୀ ରଣନୀତି ନେଇ ଆଲୋଚନା

ଭୁବନେଶ୍ୱର,୭।୧୧(ପି.ଏନ): ଶେଷ ହୋଇଛି ବିଜେଡିର କାର୍ଯ୍ୟକ୍ରମ କାର୍ଯ୍ୟକାରୀ କମିଟି ବୈଠକ । ଏଥିରେ ଦଳର ଆଗାମୀ ରଣନୀତି ନେଇ ହୋଇଛି ଆଲୋଚନା । ଶଙ୍ଖ ଭବନରେ ବସିଥିବା କାର୍ଯ୍ୟକ୍ରମ କାର୍ଯ୍ୟକାରୀ କମିଟି ବୈଠକରେ ରାଜ୍ୟର ବିଭିନ୍ନ ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗକୁ ବିଜେଡି କିଭଳି ଲୋକଙ୍କ ପାଖରେ ପହଞ୍ଚାଇବ ସେନେଇ ହୋଇଛି ଆଲୋଚନା ।ଦଳର ଜନସମ୍ପର୍କ ପଦଯାତ୍ରା ଓ ସଭ୍ୟ ସଂଗ୍ରହ ଅଭିଯାନର ଅଗ୍ରଗତି ନେଇ ମଧ୍ୟ ଆଲୋଚନା ହୋଇଛି । ଜନସମ୍ପର୍କ ପଦଯାତ୍ରା ଓ ସଭ୍ୟ ସଂଗ୍ରହ ଅଭିଯାନରେ ଦଳ ଲୋକଙ୍କ ପାଖରେ ପହଁଚିବାରେ କେତେ ସଫଳତା ପାଇଛି ସେନେଇ ବରିଷ୍ଠ ନେତାମାନେ ଆଲୋଚନା କରିଛନ୍ତି । ଆଗକୁ ଏହିସବୁ ଅଭିଯାନକୁ ଅଧିକ ପ୍ରଭାବୀ କରିବା ଦିଗରେ ମଧ୍ୟ ବରିଷ୍ଠ ନେତାମାନେ ସେମାନଙ୍କ ମତ ରଖିଛନ୍ତି । ବରିଷ୍ଠ ନେତା ଦେବୀ ପ୍ରସାଦ ମିଶ୍ର, ପ୍ରଣବ ପ୍ରକାଶ ଦାସ, ସଞ୍ଜୟ ଦାସବର୍ମା, ଅତନୁ ସବ୍ୟସାଚୀ ନାୟକ, ଅରୁଣ ସାହୁ, ବିକ୍ରମ ପଣ୍ଡାଙ୍କ ଭଳି ବରିଷ୍ଠ ନେତାମାନେ ଆଲୋଚନାରେ ଭାଗ ନେଇ ଆଗାମୀ ଦିନରେ ଦଳକୁ ଅଧିକ ଶକ୍ତିଶାଳୀ କରିବା ନେଇ ନିଜ ନିଜ ପ୍ରସ୍ତାବ ଦେଇଥିଲେ ।

## ‘ମୋ ବସ୍’ ଏମ୍‌ଡିଙ୍କୁ କଡା ଭର୍ତ୍ସନା କଲେ ହାଇକୋର୍ଟ

ଭୁବନେଶ୍ୱର,୭।୧୧(ପି.ଏନ): ହାଇକୋର୍ଟରେ ହାଜର ହେଲେ ‘ମୋ ବସ୍’ର ଏମଡି ଥିରୁମାଲା ନାଏକ । Capital Region Urban Transport (CRUT) କ୍ରୁଟ୍ ପକ୍ଷରୁ ଦାଖଲ ହୋଇଥିବା ସତ୍ୟପାଠକୁ ନେଇ ଅସନ୍ତୋଷ ପ୍ରକାଶ କଲେ ହାଇକୋର୍ଟ । ଏ ନେଇ ‘ମୋ ବସ୍’ ଏମ୍‌ଡିଙ୍କୁ କଡା ଭର୍ତ୍ସନା କଲେ କୋର୍ଟ ।ଲୋକଙ୍କ ସୁରକ୍ଷା ଓ ଦୁର୍ଘଟଣା ରୋକିବା ପାଇଁ କ’ଣ ପଦକ୍ଷେପ ନେଇଛ ବୋଲି ପ୍ରଶ୍ନ କଲେ ହାଇକୋର୍ଟ । ‘ମୋ ବସ୍’ ଡ୍ରାଇଭର ଗାଡି ଚାଳନା କରିବା ପୂର୍ବରୁ ମଦ୍ୟପାନ ଯାଞ୍ଚ ହେଉଛି ନା ନାହିଁ ପ୍ରଶ୍ନ କଲେ । ‘ମୋ ବସ୍’ ଯୋଗୁ ଦୁର୍ଘଟଣାର ଶିକାର ହୋଇଥିବା ବ୍ୟକ୍ତିଙ୍କୁ ଉପଯୁକ୍ତ ଚିକିତ୍ସା ଓ କ୍ଷତିପୂରଣ ଦିଆଯାଇଛି କି ନାହିଁ ? ସେ ନେଇ ସତ୍ୟପାଠ ଦାଖଲ କରିବାକୁ କୋର୍ଟ ନିର୍ଦ୍ଦେଶ ଦେଇଛନ୍ତି ।



## ମହିଳା ବିରୋଧୀ ଅପରାଧକୁ ନେଇ ପୁରୁଣା ସରକାର ଉପରେ ବର୍ଷିଲେ ମୁଖ୍ୟମନ୍ତ୍ରୀ

ଭୁବନେଶ୍ୱର,୭।୧୧(ପି.ଏନ): ମହିଳାଙ୍କ ପ୍ରତି ହେଉଥିବା ଅପରାଧକୁ ନେଇ ବ୍ୟଥିତ ମୁଖ୍ୟମନ୍ତ୍ରୀ । ଏହି ଶ୍ରେଣୀର ଅପରାଧ ପ୍ରତି ତାଙ୍କ ସରକାର ଶୂନ୍ୟ ସହନଶୀଳତା ଅବଲମ୍ବନ କରୁଛି । ଗ୍ରାମାଞ୍ଚଳର ମହିଳାଙ୍କ ସୁରକ୍ଷା ଓ ସୁବିଧା ପାଇଁ ବ୍ଲକସ୍ତରକୁ ନ୍ୟାୟାଳୟ ଯାଇ ସେମାନଙ୍କୁ ନ୍ୟାୟ ଦେବ ବୋଲି ମୋହନ ମାଝୀ ଭାରତୀୟ ନ୍ୟାୟ ସଂହିତା ଜାଗୃତିକରଣ କାର୍ଯ୍ୟକ୍ରମରେ ନିଜ ଅଭିଭାଷଣରେ କହିଛନ୍ତି ।ଲୋକସେବା ଭବନର ସଭା ଗୃହରେ ଆଇନ ବିଭାଗ ପକ୍ଷରୁ ଆୟୋଜିତ ହୋଇଥିଲା ଆଇନ ସଚେତନତା କାର୍ଯ୍ୟକ୍ରମ । ଏଥିରେ ମୁଖ୍ୟମନ୍ତ୍ରୀ ଯୋଗଦେଇ ମହିଳାଙ୍କ ପ୍ରତି ହେଉଥିବା ଅପରାଧ ସଂଖ୍ୟା ଓ ଦୋଷ ସାବ୍ୟସ୍ତ ସଂଖ୍ୟାରେ ଥିବା ବିରାଟ ପ୍ରଭେଦକୁ ନେଇ ଉଦବେଗ ପ୍ରକାଶ କରିଛନ୍ତି । ଏନସିଆରବି ରିପୋର୍ଟ ଆଧାରରେ ରାଜ୍ୟରେ କନଭିକ୍ସନ ହାର ୯.୩ ପ୍ରତିଶତ ଥିବାରୁ ପୁରୁଣା ସରକାର ଉପରେ ବର୍ଷିଛନ୍ତି ମୋହନ। ପୁରୁଣା ସରକାର ମାଆକୁ ସମ୍ମାନ, ନାରୀ ସଶକ୍ତିକରଣ କଥା କହୁଥିଲା ହେଲେ ମହିଳାଙ୍କ ସୁରକ୍ଷା ଓ ସେମାନଙ୍କ ବିରୋଧରେ ହେଉଥିବା ଅପରାଧରେ ନ୍ୟାୟ କେମିତି ତ୍ୱରିତ ଦିଆଯିବ ତାହା କରାଯାଇନଥିଲା । ତେଣୁ ମୁଖ୍ୟମନ୍ତ୍ରୀ ଅସନ୍ତୋଷ ବ୍ୟକ୍ତ କରିଛନ୍ତି ।ତେଣୁ ଆଇନରେ ପରିବର୍ତ୍ତନ ସହ ଗ୍ରାମୀଣ ମହିଳାଙ୍କ ପାଇଁ ବ୍ଲକସ୍ତରରେ ସ୍ୱ?ଶାଳ କୋର୍ଟ ପ୍ରତିଷ୍ଠା କରିବା ଦରକାର ପଡିଲେ ତାଙ୍କ ସରକାର କରିବ ବୋଲି କହିଛନ୍ତି ମୁଖ୍ୟମନ୍ତ୍ରୀ । ସେହିପରି କାର୍ଯ୍ୟକ୍ରମରେ ଆଇନ ମନ୍ତ୍ରୀ ପୃଥିରାଜ ହରିଚନ୍ଦନ କହିଛନ୍ତି, ଦେଶର ଆଇନକୁ ଆମକୁ ବୁଝିବାକୁ ହେବ । ଏହାକୁ ସରଳ କରି ଗାଁରେ ପହଞ୍ଚାଇବାକୁ ହେବ । ଏହି କାର୍ଯ୍ୟକ୍ରମରେ ବିଜେପି ସରକାର ଜଷ୍ଟିସ ଆଟ ଡୋର ଷ୍ଟେପ ଭିଜନରେ କାମ କରିବ ବୋଲି କହିଛନ୍ତି ଆଇନ ମନ୍ତ୍ରୀ ।

## ପ୍ରସନ୍ନ ଆଚାର୍ଯ୍ୟଙ୍କ ହାତ ଛାଡିଲେ ୧୮ ଜଣ ସରପଞ୍ଚ ଓ ନାଏବ ସରପଞ୍ଚ

ଭୁବନେଶ୍ୱର,୭।୧୧(ପି.ଏନ): ଭୁଶୁଡୁଛି ବିଜେଡି ବିଧାୟକ ପ୍ରସନ୍ନ ଆଚାର୍ଯ୍ୟଙ୍କ ଗଡ ! ତାଙ୍କ ହାତ ଛାଡିଛନ୍ତି ରେ?ାଖୋଲ ନିର୍ବାଚନ ମଣ୍ଡଳୀର ୧୮ ଜଣ ସରପଞ୍ଚ ଓ ନାଏବ ସରପଞ୍ଚ। ଆଜି ସେମାନେ ବିଧିବଦ୍ଧ ଭାବେ ବିଜେପିରେ ଯୋଗ ଦେଇଛନ୍ତି। କେନ୍ଦ୍ରମନ୍ତ୍ରୀ ତଥା ସମ୍ବଲପୁର ସାଂସଦ ଧର୍ମେନ୍ଦ୍ର ପ୍ରଧାନଙ୍କ ଉପସ୍ଥିତିରେ ସରପଞ୍ଚ ଓ ନାଏବ ସରପଞ୍ଚମାନେ ନିଜ ସମର୍ଥକଙ୍କ ସହ ବିଜେପିରେ ମିଶିଛନ୍ତି ।ସମ୍ବଲପୁର ଜିଲ୍ଲାର ବିଜେଡି ଗଡ ଭାବେ ପରିଚିତ ଥିଲା ରେ?ାଖୋଲ ନିର୍ବାଚନ ମଣ୍ଡଳୀ। ୨୦୦୦ ମସିହାରୁ ଏଠାରେ ଲଗାତାର ଭାବେ ବିଜେଡି ଜିତି ଆସୁଛି। ରୋହିତ ପୂଜାରୀ ଏଠାରେ ଦୁଇଟି ଟର୍ମ ଜିତିଥିଲେ। ଆଉ ମନ୍ତ୍ରୀ ମଧ୍ୟ ହୋଇଥିଲେ। ଏଥର ଦଳ ରୋହିତଙ୍କ ବଦଳରେ ପ୍ରସନ୍ନ ଆଚାର୍ଯ୍ୟଙ୍କୁ ପ୍ରାର୍ଥୀ କରିଥିଲା। ଲୋକମାନେ ତାଙ୍କ ଭରପୂର ସମର୍ଥନ ଦେଇଥିଲେ। ପ୍ରସନ୍ନ ଆଚାର୍ଯ୍ୟଙ୍କୁ ବିଜୟୀ କରାଇ ବିଧାନସଭାକୁ ପଠାଇଥିଲେ।




## ‘ସମ୍ବଲପୁରରେ ବୃହତ୍ତର ପାନୀୟ ଜଳ ଯୋଜନା ପାଇଁ ପ୍ରସ୍ତୁତି ଆରମ୍ଭ ହୋଇଛି’

ସମ୍ବଲପୁର,୭।୧୧(ପି.ଏନ): ସମ୍ବଲପୁର ସହରରେ ସ୍ୱଚ୍ଛତା, ପାନୀୟ ଜଳ, ଡ୍ରେନେଜ, ସ୍ୱାସ୍ଥ୍ୟସେବା, ରାସ୍ତାଘାଟ, ଷ୍ଟ୍ରିଟ୍ ଲାଇଟ୍ ସମସ୍ୟାର ସମାଧାନ ସହ ରେଳ ଷ୍ଟେସନ ଆଦିର ଉନ୍ନତି ପାଇଁ ରାଜ୍ୟ ସରକାର ଓ ଜିଲ୍ଲା ପ୍ରଶାସନ ଯୋଜନା ଆରମ୍ଭ କରି ଦେଇଛନ୍ତି। ସମ୍ବଲପୁରକୁ ଏକ ଅତ୍ୟାଧୁନିକ ସହର ରୂପେ ଗଢି ତୋଳିବା ଆମର ଦାୟିତ୍ୱ ବୋଲି ସମ୍ବଲପୁରରେ ବିଭିନ୍ନ କାର୍ଯ୍ୟକ୍ରମରେ ଯୋଗଦେବା ଅବସରରେ କହିଛନ୍ତି କେନ୍ଦ୍ରଶିକ୍ଷା ମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ। ଶ୍ରୀ ପ୍ରଧାନ ଆଜି ସମ୍ବଲପୁର ଗସ୍ତ କାଳରେ ମାଆ ସମଲେଶ୍ୱରୀଙ୍କ ଦର୍ଶନ ସହ କ୍ଷେତରାଜପୁର ଠାରେ ‘କ୍ଷେତରାଜପୁର ନାଗରିକ ମଞ୍ଚ’ ପକ୍ଷରୁ ଆୟୋଜିତ ଦୀପାବଳି ବନ୍ଧୁମିଳନ, ଛଟ୍ ପୂଜା ଏବଂ ଅଁଳା ନବମୀ ସମାରୋହ କାର୍ଯ୍ୟକ୍ରମରେ ଯୋଗଦେଇଛନ୍ତି। ଏହି ଅବସରରେ ସେ କହିଛନ୍ତି ଯେ ବିଜେପି ନେତୃତ୍ୱାଧୀନ ରାଜ୍ୟ ସରକାର ସମ୍ବଲପୁରକୁ ଏକ ଅଗ୍ରଣୀ ସହର ରୂପେ ଗଢି ତୋଳିବା ପାଇଁ ପ୍ରତିଶ୍ରୁତିବଦ୍ଧ। ୨୦୫୦ ସୁଦ୍ଧା ସମ୍ବଲପୁରରେ ବଢୁଥିବା ଜନସଂଖ୍ୟାକୁ ଦୃଷ୍ଟିରେ ରଖି ୨୦୦ ନିୟୁତ ଲିଟର କ୍ଷମତା ବିଶିଷ୍ଟ ୱାଟର ପ୍ଲାଣ୍ଟ ତଥା ବୃହତ୍ତର ପାନୀୟ ଜଳ ଯୋଜନା ପାଇଁ ପ୍ରସ୍ତୁତି ଆରମ୍ଭ ହୋଇଛି । ପ୍ରାରମ୍ଭିକ ଡିପିଆର୍ କାମ ପାଇଁ ‘ୱାଟକୋ ଓଡ଼ିଶା’ କମ୍ପାନିକୁ ଦାୟିତ୍ୱ ଦିଆଯାଇଛି। ରାଜ୍ୟ ଗ୍ରାମୀଣ ବିକାଶ, ପଞ୍ଚାୟତିରାଜ ଓ ପାନୀୟ ଜଳ ମନ୍ତ୍ରୀ ଏବଂ ବିଭାଗୀୟ ସଚିବଙ୍କ ସହ ଏ ନେଇ ଆଲୋଚନା ସରିଛି। ଏହାବ୍ୟତିତ ସହରରେ ଡ୍ରେନେଜ, ସ୍ୱେରେଜ, ରାସ୍ତା ସମ୍ପ୍ରସାରଣ, ଷ୍ଟ୍ରିଟ୍ ଲାଇଟ ଓ ସ୍ୱଚ୍ଛତା ସମସ୍ୟାର ସମାଧାନ ପାଇଁ ନୂଆ କଳ୍ପନା କରାଯାଇଛି। ସମ୍ବଲପୁରରେ ଏକ ରିଙ୍ଗ ରୋଡ କରାଯିବାର ଯୋଜନା ହୋଇଛି। ସହରରେ ଥିବା ତିନି ରେଳ ଷ୍ଟେସନ ଯଥା ସମ୍ବଲପୁର ରୋଡ୍ ରେଳ ଷ୍ଟେସନ, ହୀରାକୁଦ ଷ୍ଟେସନ ଓ ସମ୍ବଲପୁର ସିଟି ରେଳ ଷ୍ଟେସନର ଉନ୍ନତିକରଣ କରିବା ନେଇ ଭାରତ ସରକାର କାମ ଆରମ୍ଭ ଦେଇଛନ୍ତି । ଏହି ସବୁ କାର୍ଯ୍ୟ ଦ୍ୱାରା ସହର ସ୍ୱଚ୍ଛ ଓ ସୁନ୍ଦର ହେବା ସହ ସମ୍ପ୍ରସାରଣ ହେବ ବୋଲି ସେ କହିଛନ୍ତି। ଏହି ଗସ୍ତ କାଳରେ କେନ୍ଦ୍ରମନ୍ତ୍ରୀ ସମ୍ବଲପୁର କ୍ଷେତରାଜପୁର ସ୍ଥିତ ଜଗନ୍ନାଥ ମନ୍ଦିର ଓ ରାଣୀ ସତୀ ଦାଦୀ ମନ୍ଦିରରେ ମଧ୍ୟ ଦର୍ଶନ କରିଥିଲେ।










# ଟି ଟାଇମ୍

## ପ୍ରଦୂଷଣ ବିହୀନ କାର୍

ଗାଡ଼ିମଟରର ବ୍ୟବହାର ପ୍ରଦୂଷଣ ବଢ଼ାଇଥାଏ । କିନ୍ତୁ ଏହି ଫଟୋ ଦେଖି ଆପଣ ଅନୁମାନ ଲଗାଇପାରୁଥିବେ କାର୍ ନିର୍ମାତାମାନେ ପ୍ରଦୂଷଣ ରୋକିବା ପାଇଁ ଅନେକ ପରିଶ୍ରମ କରୁଛନ୍ତି । ଏହା ସ୍ମାର୍ଟ ଫୋରଟୁ କାର୍। ଏଥିରେ ପାଂଚ ବର୍ଗ ମିଟର କ୍ଷେତ୍ରରେ ଘାସ ଜମା ହୋଇଛି । ଯାହା ପ୍ରକୃତରେ ସତସତିକା ଘାସ ନୁହେଁ ଏହା ସିଡ଼ମ ଘାସ। କାର ନିର୍ମାତାମାନେ ସେହି ସିଡ଼ମ ଘାସର ବ୍ୟବହାର କରିଛନ୍ତି । ସ୍ମାର୍ଟ ଫୋରଟୁ କାର୍ ମୁବଲ ଲ୍ୟାବର ଗ୍ରୀନ୍ ସ୍କ୍ରିନ୍ ପ୍ରୋଜେକ୍ଟ ଅନ୍ତର୍ଗତ । ମୁବଲଙ୍କ କହିବା ଅନୁସାରେ ରାସ୍ତାରେ ଯେତେବେଳେ ଏହି ଧରଣର କାର୍ ଚାଲିବ, ପ୍ରଦୂଷଣ କମ୍ ହେବ ଓ ପର୍ଯ୍ୟାବରଣର ପରିସ୍ଥିତି ସୁଧୁରିବ। ଏହି କାର୍‌କୁ ପ୍ରଥମେ ଜର୍ମାନଠାରେ ସ୍ଟୁଟଗାର୍ଟରେ ଆସନ୍ତା ବର୍ଷର ପ୍ରଥମ ମାସରେ ସଡ଼କ ଉପରକୁ ଅଣାଯିବ । କମ୍ପାନୀର କହିବାନୁସାରେ ଏହି କାର୍ ପ୍ରତିବର୍ଷ ୭କିଲୋଗ୍ରାମ କାର୍ବନ ଡାଇଅକ୍ସାଇଡ଼ ଗ୍ୟାସ୍ କମ୍ କରିଥାଏ । ଯାହା ଗୋଟିଏ ଗଛ ସେହି ସମୟରେ ୨.୬କାର୍ବନକୁ ସଫା କରିଥାଏ । ଏମିତି ଦେଖିବାକୁ ଗଲେ ଅଟୋ ସେକ୍ଟରର ଇଞ୍ଜିନିୟର ମାନେ ଏବେ ଗ୍ରୀନ୍ ସଲ୍ୟୁସନ୍‌କୁ ନେଇ ଅଧିକ ଜାଗ୍ରତ ଅଛନ୍ତି । ଆମେରିକୀୟ କମ୍ପାନୀ ଫୋର୍ଡ଼ ଗିକି ସହିତ ମିଶି ଏହି ଦିଗରେ କାମ କରୁଛି ।

## ମୋଗଲ ଯୁଗର ଘଂଟେୱାଲା ଦୋକାନ




ଦିଲ୍ଲୀର ଚାନ୍ଦିନି ଚୌକ ସ୍ଥିତ ୨୨୫ବର୍ଷ ପୁରୁଣା ମିଠା ଦୋକାନ ଘଂଟେୱାଲାକୁ କ୍ରୟ କରିବା ପାଇଁ ଆରମ୍ଭ ହୋଇଯାଇଛି ପ୍ରତିଯୋଗିତା। ଏଥିପାଇଁ କିଛି ବ୍ୟବସାୟ ୧୦କୋଟି ଟଙ୍କାର ଅଫର ଦେଇଥିଲା ବେଳେ ଦୋକାନର ମାଲିକ ୧୦୦କୋଟିରୁ ଅଧିକ ଦାବି କରୁଥିବା କୁହାଯାଉଛି। ୧୭୯୦ ମସିହାରେ ମୋଗଲ ଶାସନ ସମୟରେ ଏହି ମିଠା ଦୋକାନର ଆରମ୍ଭ ହୋଇଥିଲା। ମିଠା ଏବଂ ନମକିନ ପାଇଁ ଏହି ଦୋକାନର ଖ୍ୟାତି ଖାଲି ଦିଲ୍ଲୀ ନୁହେଁ ଦେଶ ବାହାରେ ମଧ୍ୟ ରହିଛି। ତେବେ ବର୍ତ୍ତମାନର ଦୋକାନ ମାଲିକ ସୁଶାନ୍ତ ଜୈନ ଏହି ଦୋକାନକୁ କିଛି ଦିନ ହେବ ବନ୍ଦ କରିଛନ୍ତି। ତାଙ୍କ ଯୁକ୍ତି ହେଉଛି ଯେ, କ୍ୱାଲିଟ କଂଟ୍ରୋଲ ବିଭାଗର ଚାପ ଯୋଗୁ ଦୋକାନ ଚଳାଇବା କଷ୍ଟ ହେଉଛି। ଏଥିସହ ଦୋକାନ ବନ୍ଦ କରିବାର ଅନ୍ୟ କାରଣ ମଧ୍ୟ ରହିଛି। ଦୋକାନ ବନ୍ଦ କାରଣରୁ ପୁରୁଣା ଦିଲ୍ଲୀର ଲୋକମାନଙ୍କ ମଧ୍ୟରେ ନିରାଶା ଭାବ ଦେଖାଦେଇଛି। ଦୋକାନ ବିକ୍ରି ହେବାର ଚର୍ଚ୍ଚା ଯୋର ଧରିଥିବାରୁ ବହୁ ଦୋକାନି ଦୋକାନ କିଣିବା ପାଇଁ ଆଗ୍ରହ ପ୍ରକାଶ କରିଛନ୍ତି। ଏଥିପାଇଁ ୧୦କୋଟିରୁ ଅଧିକ ଟଙ୍କାର ଅଫର ମଧ୍ୟ ସେମାନେ ଦେଲେଣି।

## ସ୍ୱର୍ଗଦ୍ୱାର ପାଲଟିଛି ଗଛ

ଇଣ୍ଡୋନେସିଆର ଦକ୍ଷିଣ ସୁଲାବେସି ପ୍ରାନ୍ତରେ ଏଭଳି ଏକ ଗଛ ରହିଛି ଯାହାକୁ ନେଇ ସେଠାକାର ଲୋକଙ୍କର ଏକ ଅନ୍ଧବିଶ୍ୱାସ କରିଛି । କଥା କ’ଣ ସେହି ଗଛ ନିଜେ ହିଁ ସେ ଅଂଚଳର ସ୍ୱର୍ଗଦ୍ୱାର ପାଲଟିଛି । ସେଠାକାର ଅନେକ ଲୋକ ତାଙ୍କ ପିଲାମାନଙ୍କର ମୃତ୍ୟୁ ପରେ ତାଙ୍କ ମୃତ ଦେହକୁ ମାଟିରେ ପୋତିବା ବଦଳରେ ଗଛ ମଧରେ ହିଁ ପୋତିଥାନ୍ତି । ସେମାନଙ୍କ ମାନ୍ୟତା ରହିଛି ସେପରି କଲେ ସେମାନଙ୍କର ପିଲାମାନଙ୍କୁ ପ୍ରକୃତି ତାଙ୍କ ମଧରେ ଆଶ୍ରୟ ଦେଇଥାଏ । ଏହି ଖାସ୍ ପ୍ରକାରର ଗଛ ସେଠାକାର ତାନା ତୋରାଜା ନାମକ ସ୍ଥାନରେ ଅବସ୍ଥିତ । ସେ ଗାଁର ପିଲାମାନେ ମରିଯିବା ପରେ ଗଛରେ ତାଙ୍କର ସମାଧି ବନାଇବା ପାଇଁ ଗଛର ଗଣ୍ଡିକୁ ପ୍ରଥମେ ଖୋଳି ସ୍ଥାନ ବନାଇଥାନ୍ତି ପରେ ତାଙ୍କ ଶିଶୁର ଶବକୁ ଗୋଟିଏ କପଡ଼ାରେ ଗୁଡ଼ାଇ ସେହି ଗଛ ମଧରେ ରଖିଦିଅନ୍ତି । ତା’ପରେ ଗାତକୁ ପୋତିବା ପାଇଁ ଗଛ ଗଣ୍ଡିରେ ପ୍ରସ୍ତୁତ ପ୍ରାଇବର ଚଦର ବ୍ୟବହାର କରନ୍ତି । ଗଛ ମଧରେ କେବଳ ସେହି ପିଲାମାନଙ୍କୁ ପୋତାଯାଏ ଯାହାର ଦାନ୍ତ ଉଠିନଥିବ । ସମୟକ୍ରମେ ସେହି ଖାଲ ସ୍ଥାନ ଆପେ ଆପେ ପୂରିଯାଏ । ଏହାକୁ ଦେଖି ଗାଁଲୋକ ମାନି ନିଅନ୍ତି ତାଙ୍କ ମରିଯାଇଥିବା ଶିଶୁକୁ ପ୍ରକୃତିର କୋଳକୁ ଚାଲିଗଲା ।



## ପୁରାଣ କାହାଣୀ

# ନାରୀଙ୍କ ସାତଟି ବିଶେଷ ଗୁଣ



ଭଗବାନ ତାଙ୍କ ସୃଷ୍ଟିର ସମସ୍ତ ଜୀବଙ୍କ ଭିତରେ, ଆତ୍ମା ରୂପରେ ସମାନ ଭାବରେ ପୂରି ରହି ସମସ୍ତଙ୍କୁ ସଂଚାଳିତ କରୁଥିଲେ ମଧ ଭିନ୍ନ ଭିନ୍ନ ଲୋକଙ୍କର ପୃଥକ୍ ପୃଥକ୍ କର୍ମ ସମ୍ପାଦନ ନିମିତ ଶକ୍ତିର ବିଭିନ୍ନତା ଦୃଷ୍ଟିରୁ ସେମାନଙ୍କ ଭିତରେ ଭଗବାନ୍‌ଙ୍କ ବିଭୂତିର ତାରତମ୍ୟ ଦେଖାଦେଇଥାଏ । ସେହି ଦୃଷ୍ଟିରୁ ପିଲାମାନଙ୍କୁ ଜନ୍ମ ଦେଇ ସେମାନଙ୍କର ଲାଳନପାଳନ କରିବା ସହିତ ଅନ୍ୟମାନଙ୍କ ପ୍ରତି ଅନୁକମ୍ପା ପ୍ରଦର୍ଶନ କରି ପରିବାର ଏବଂ ସମାଜରେ ମାଧୁର୍ଯ୍ୟର ଭାବ ସୃଷ୍ଟି କରିବା ଭଳି କର୍ତବ୍ୟ ସମ୍ପାଦନ ପାଇଁ ଭଗବାନ୍ ତାଙ୍କ ବିଭୂତି ରୂପରେ ନାରୀମାନଙ୍କଠାରେ ସାତୋଟି ବିଶେଷ ଗୁଣ ରୂପରେ ପ୍ରକାଶ ହୋଇଛନ୍ତି । ସେହିଗୁଣଗୁଡ଼ିକ ହେଉଛି କୀର୍ତି, ଶ୍ରୀ, ବାକ୍, ସ୍ମୃତି, ମେଧା, ଧୃତି ଏବଂ କ୍ଷମା । ଭଗବାନ କୀର୍ତି ରୂପରେ ନାରୀମାନଙ୍କଠାରେ ପ୍ରକାଶିତ ହୋଇ ନାରୀଙ୍କର ପବିତ୍ରତା, ନିଷ୍କଳଙ୍କ ଚରିତ୍ର ଏବଂ ସଦାଚରଣର ଭାବକୁ ନେଇ ତାଙ୍କର ସୁଖ୍ୟାତି ପ୍ରକାଶ କରିଛନ୍ତି । ସେହି ଦୃଷ୍ଟିରୁ ନାରୀମାନେ ତାଙ୍କ ଉପରେ ନିର୍ଭରଶୀଳ ତାଙ୍କ ପରିବାରର ସମସ୍ତ କାମସବୁ ଠିକ୍ ସମୟରେ କରିଦେବା ଦରକାର । ଏହାଦ୍ୱାରା ପରିବାରବର୍ଗ ଆନନ୍ଦପ୍ରାପ୍ତ ହେବେ ଓ ପରିବାରରେ ଶାନ୍ତିର ବାତାବରଣ ସୃଷ୍ଟି ହେବ ।

ଭଗବାନ୍ ନାରୀମାନଙ୍କ ଶରୀରରେ ମେଧା ରୂପରେ ନିବାସ କରିଥାଆନ୍ତି । ଏହା ହେଉଛି ଧୀଶକ୍ତି ବା ଧାରଣ କରିବାର ଶକ୍ତି । ଏହି ଶକ୍ତିସମ୍ପନ୍ନ ବ୍ୟକ୍ତିକୁ ଯାହା ଥରେ ଶିଖାଇ ଦିଆଯାଏ ସେ ତାହା ସହଜରେ ମନେ ରଖିଥାଆନ୍ତି, ଏପରିକି କେତେକ ବିଷୟ ଜୀବନର ଶେଷ ପର୍ଯ୍ୟନ୍ତ ତାଙ୍କ ମନରେ ରହିଯାଇଥାଏ । ନାରୀମାନଙ୍କ ମେଧା ଦୃଷ୍ଟିରୁ ସେମାନେ ସମସ୍ତ କାମକୁ ଶୀଘ୍ର ବୁଝିଥାନ୍ତି ଓ ବିରକ୍ତି ପ୍ରକାଶ ନକରି ସେ ସବୁର ସମ୍ପନ୍ନ କରିବା ନାରୀପକ୍ଷେ ସହଜସାଧ୍ୟ ହୋଇଥାଏ । ଏହି ଦୃଷ୍ଟିରୁ ଯାହାର ଧୀଶକ୍ତି ଯେତେ ପ୍ରଖର ତା’ର ସେତିକି ଅଧିକ ଆଦର । ଭଗବାନଙ୍କ ବିଭୂତି ଆତ୍ମବଳ ରୂପରେ ନାରୀଙ୍କଠାରେ ପ୍ରକଟିତ ହୋଇ ତାଙ୍କୁ ପ୍ରଦାନ କରୁଥିବା ଧୈର୍ଯ୍ୟ ବା ଧାରଣ କରିବାର ଶକ୍ତି ହେଉଛି ଧୃତି । ଯାହାର ଜୀବନରେ ଧୃତି କମିଯାଏ ସେ ବିଶେଷ ଶକ୍ତିଶାଳୀ ହୋଇ ପାରିନଥାନ୍ତି ଏବଂ ଜୀବନରେ ସଫଳ ହୋଇପାରି ନଥାନ୍ତି । ଦଣ୍ଡ ଦେବାର ଶକ୍ତିଥିଲେ ମଧ୍ୟ ଅପରାଧକୁ ଭୁଲି, ଅପରାଧୀକୁ କିଛି ଦଣ୍ଡ ନ ଦେବା ହେଉଛି କ୍ଷମା। ବିଭୂତି ରୂପରେ ନାରୀମାନଙ୍କ ପାଖରେ ଭଗବାନ ରହି ସେମାନଙ୍କ ସ୍ୱଭାବସୁଲଭ କର୍ତବ୍ୟ ପାଳନ ପାଇଁ ଏହି ସଦ୍‌ଗୁଣର ବିଶେଷ ପ୍ରଭାବ ଅଛି। ଭଗବାନ ତାଙ୍କ ବିଭୂତି ରୂପରେ ପ୍ରକାଶ କରିଥିବା ସାତୋଟି ଗୁଣକୁ ଧାରଣ କରିଥିବା ଜଣେ ଆଦର୍ଶ ନାରୀ ସତୀସାଧ୍ୱୀ ରୂପରେ ଏତେ ଉପରକୁ ଉଠି ଯାଇପାରିବେ ଯେପରି ଲୋକେ ମନେ କରିବେ ଯେ ଜଣେ ଦେବୀ ସ୍ୱର୍ଗରୁ ପୃଥିବୀକୁ ଓହ୍ଲାଇ ଆସିଛନ୍ତି । ସେତେବେଳେ ସେ ପୃଥିବୀ ପରି କ୍ଷମାଶୀଳ, ସମୁଦ୍ର ପରି ଗମ୍ଭୀର, ଗଙ୍ଗା ମାତାଙ୍କ ପରି ପାବନୀ ଏବଂ ଦୃଷ୍ଟଙ୍କ ପାଇଁ ପ୍ରଜ୍ୱଳିତ ଅଗ୍ନି ସ୍ୱରୂପ ହୋଇଯାଇପାରେ । ସେ ସମସ୍ତଙ୍କୁ ଶୀତଳତାର ସ୍ପର୍ଶ ଦେଇପାରିବ ଓ ଆକାଶ ପରି ସମସ୍ତଙ୍କୁ ଧାରଣ କରିପାରିବ ।

## କୁକୁର ପେଟରେ ଅଜବ ଖାଦ୍ୟ



ଆମେରିକାର ପେନ୍‌ସିଲବେନିଆ ପ୍ରାନ୍ତର ଏକ ଭାଗରେ ଜଣେ ବ୍ୟକ୍ତି ୮ବର୍ଷ ପର୍ଯ୍ୟନ୍ତ ଲେବ୍ରାଡୋର ନାମକ ଏକ କୁକୁରକୁ ଘରେ ପାଳୁଥିଲେ । ହଠାତ୍ କୁକୁରର ଶରୀର ଅସୁସ୍ଥ ହେବାରୁ ଔଷଧ କିଣି ଖୁଆଇଥିଲେ । କିନ୍ତୁ ଲେବ୍ରାଡୋରର ଅବସ୍ଥାରେ ସୁଧାର ଆସିନଥିଲା । କୁକୁରଟି ପେଟ ଯନ୍ତ୍ରଣାରେ ବହୁତ କଷ୍ଟ ପାଇବାରୁ କୁକୁରର ମାଲିକ ଡାକ୍ତରଖାନା ନେଇଯାଇଥିଲେ । ଡାକ୍ତରଖାନାରେ କୁକୁର ପେଟ ଏକ୍ସରେ ହେବା ଫଳରେ ସମସ୍ତ କଥା ପଦାକୁ ଆସିଯାଇଥିଲା । ପ୍ରକୃତରେ କୁକୁରଟିର ପେଟରେ ଯନ୍ତ୍ରଣା ହେବାର କାରଣ ହେଉଛି, ତା’ର ପେଟରେ କେତେକ ଅଖାଦ୍ୟ ରହିଥିଲା । ପେଟରୁ ୬୨ଟି ମୁଣ୍ଡ, କେଶ ବନ୍ଧା ବ୍ୟାଣ୍ଡ ଓ ୮ଟି ଅନ୍ତଃବସ୍ତ୍ର ବାହାରିଥିଲା । ଯାହାକୁ ସେ ଖାଇ ଦେଇଥିଲା । ଦୀର୍ଘ ଦୁଇ ଘଂଟାର ଅସ୍ତ୍ରୋପଚାର କରି କୁକୁରର ପେଟରୁ ଏସବୁ ଅଖାଦ୍ୟ ବାହାର କରାଯାଇଥିଲା ।

## ଏକାଧିକ ବିବାହ କରନ୍ତି ଖାସି ସମ୍ପ୍ରଦାୟର ମହିଳା



ବିଶ୍ୱର ବିଭିନ୍ନ ଦେଶରେ ଭଳିକିଭଳି ଆଦିବାସୀ ଅଛନ୍ତି । ସେମାନଙ୍କ ସଂସ୍କୃତି ଓ ପରମ୍ପରା କୌଣସି ରହସ୍ୟଠାରୁ କିଛି କମ୍ ନୁହେଁ । ମେଘାଳୟରେ ରହୁଥିବା ଖାସି ସମ୍ପ୍ରଦାୟର ମହିଳାଙ୍କ ହାତରେ ପରିବାରର ଦାୟିତ୍ୱ ନ୍ୟସ୍ତ ହୋଇଥାଏ । ଏହି ସମ୍ପ୍ରଦାୟର ପୁରୁଷମାନେ ବିବାହ ପରେ ଶ୍ୱଶୁର ଘରେ ଯାଇ ରୁହନ୍ତି । ଏଠାରେ ପୁରୁଷମାନଙ୍କୁ ଘରର ସବୁକାମ କରିବାକୁ ହୋଇଥାଏ। ବାହାରର ସବୁ କାମ ମହିଳା କରନ୍ତି । ମେଘାଳୟରେ ଥିବା ବଜାରଗୁଡ଼ିକର ଦୋକାନରେ ମହିଳା କାମ କରନ୍ତି। ଖାସି ସମ୍ପ୍ରଦାୟରେ ଘରର ସାନ ଝିଅକୁ ସବୁଠୁ ଅଧିକ ସମ୍ପତି ମିଳିଥାଏ। ଏହି କାରଣରୁ ଘରର ସାନଝିଅ ମାତା-ପିତା, ଅବିବାହିତା ପୁଅ-ଝିଅଙ୍କର ଦେଖାଶୁଣା କରିଥାଏ। ଏହି ସମ୍ପ୍ରଦାୟର ଛୋଟ ଝିଅମାନେ ପିଲାଦିନେ ପଶୁହାଡ଼ରେ ଖେଳନ୍ତି । ଏଗୁଡ଼ିକ ସେମାନେ ଆଭୂଷଣଭାବେ ବ୍ୟବହାର କରନ୍ତି । ଖାସି ସମ୍ପ୍ରଦାୟର ପରିବାରଗୁଡ଼ିକ ମହିଳା କେନ୍ଦ୍ରିକ ପରିବାର। ଅନେକ ଦିନ ପୂର୍ବରୁ ଏହି ସମ୍ପ୍ରଦାୟର ପୁରୁଷମାନେ ଯୁଦ୍ଧକୁ ପଳାଇ ଯାଇଥିଲେ ଓ ମହିଳାଙ୍କୁ ଛାଡ଼ି ଦେଇ ଯାଇଥିଲେ । ଏଥିଯୋଗୁଁ ପୁଅଝିଅମାନଙ୍କୁ ଘରର ମହିଳାମାନେ ସେମାନଙ୍କ ଉପନାମ ଦେଉଥିଲେ । ସେହିଭଳି ଖାସି ମହିଳାଙ୍କର ଅନେକ ଜୀବନସାଥୀ ଥାଏ । ତେଣୁ ପିଲାମାନଙ୍କୁ ମହିଳାମାନେ ସେମାନଙ୍କର ଉପନାମ ଦେଉଥିଲେ । ଏହି ସମ୍ପ୍ରଦାୟରେ କନ୍ୟା ସନ୍ତାନ ଜନ୍ମନେଲେ ମହିଳାମାନେ ଖୁସି ମନାନ୍ତି ।

## ଖାଦ୍ୟରେ ଟଏଲେଟ୍ ବ୍ରସ୍

ବ୍ରିଟେନ୍‌ରେ ରହୁଥିବା ଦୁଇବର୍ଷର ଲିଲି ନାମକ ଏକ ଛୋଟ ଝିଅ । ଯିଏ ଏକ ଭିନ୍ନ ଅଭ୍ୟାସରେ ପଡିଯାଇଛି । ତାକୁ ସାମାନ୍ୟ ଦ୍ରବ୍ୟ ଖାଇବାର ରୁଚି ବହୁତ କମ୍ ଥାଏ। ଡାକ୍ତରଙ୍କ ମତ ଅନୁସାରେ ଲିଲି ପିକା ନାମକ ଏକ ରୋଗରେ ପୀଡିତ । ଏହି ରୋଗ କାରଣରୁ ଲିଲିକୁ ଟଏଲେଟ୍ ସଫା କରାଯାଉଥିବା ବ୍ରସ୍ ଏବଂ କପଡା ଖାଇବାର ଅଭ୍ୟାସ ରହିଛି । ଡାକ୍ତର ମଧ ଲିଲିର ଏପରି ବ୍ୟବହାରରେ ଆଶ୍ଚର୍ଯ୍ୟ ହୋଇଯାଇଛନ୍ତି । କେତେବେଳେ ଲିଲି କାହାର ନଜର ଆଢୁଆଳରୁ ଖସିଯିବାରେ ସଫଳ ହୋଇଛି । ଏହାପରେ ସେ ସିଧା ବାଥ୍‌ରୁମ୍ ଭିତରେ ପସିଯାଏ ଏବଂ ସେଠାରେ ରଖାଯାଇଥିବା କପଡା ଏବଂ ଟଏଲେଟ୍ ବ୍ରସ୍‌କୁ ଖାଇବା ଆରମ୍ଭ କରିଦେଇଥାଏ ।

## ଓଲଟା ଚାଲିବାର ଅଭ୍ୟାସ



ଦୁନିଆରେ ଭିନ୍ନ ଭିନ୍ନ କାହାଣୀ ବହନ କରୁଥିବା ଲୋକ ବାସବାସ କରନ୍ତି। ଏବେ ଦେଖନ୍ତୁ ତାମିଲ୍‌ନାଡୁର ତ୍ରିପୁରାରେ ରହୁଥିବା ମଣିମଣିଥନ୍ ଯିଏ ଓଲଟା ଚାଲିଥାନ୍ତି। ୧୯୮୯ରେ ଦେଶଯାକରେ ସୃଷ୍ଟି ହୋଇଥିବା ଆତଙ୍କ ଘଟଣାରେ ଆହତ ହୋଇଥିଲେ ତ୍ରିପୁରାର ମଣିମଣିଥନ୍। ବିଶ୍ୱଶାନ୍ତି ପ୍ରତିଷ୍ଠା ପାଇଁ ଓଲଟା ଚାଲିବା ତାଙ୍କର ଏକ ଅଭିନବ ପ୍ରୟାସ ବୋଲି ମଣି କହନ୍ତି। ଦୀର୍ଘ ୨୬ବର୍ଷ କାଳ ଏଭଳି ଅଜବ୍ ଢ଼ଙ୍ଗରେ ଚାଲିବା ଅଭ୍ୟାସ ଜାରି ରଖିଛନ୍ତି। ତେବେ ଚାଲିବା ସମୟରେ ତାଙ୍କୁ ସଡକ ପାର କରିବାକୁ ପଡୁ କି ସିଡି ଚଢିବାକୁ ହେଉ ସେ ସଦାସର୍ବଦା ଓଲଟା ହିଁ ଚାଲିଥାନ୍ତି। ଫଳରେ ସିଧା ଚାଲିବା ସେ ସମ୍ପୂର୍ଣ୍ଣ ରୂପେ ଭୁଲି ଗଲେଣି ଏବଂ ଓଲଟା ଚାଲିବା ନିତିଦିନିଆ ଅଭ୍ୟାସରେ ପରିଣତ ହୋଇଗଲାଣି।

## ଆଜିର ଭାଗ୍ୟ

**ମେଷ** — ସେବା ମନୋଭାବ ଯୋଗୁଁ କର୍ମକ୍ଷେତ୍ରରେ ସମ୍ମାନୀୟ ବ୍ୟକ୍ତି ବିଶେଷଙ୍କଠାରୁ ସାହାଯ୍ୟ ସହଯୋଗ ପାଇବେ। ବ୍ୟବସାୟ ଓ ନିର୍ମାଣ କ୍ଷେତ୍ରରେ ସମସ୍ୟାର ସମାଧାନ ହେବ। ଶତ୍ରୁ ବୃଦ୍ଧି ହୋଇପରେ। ମହିଳାମାନେ ମାନସିକ ଚିନ୍ତାର ଶିକାର ହେବେ।

**ବୃଷ** — ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଭିନ୍ନ ରୂପ ଦେଲେ ମଧ ଆପଣ ନିଜର କଳା କୌଶଳ ପ୍ରୟୋଗ କରି ଜୟ ଯୁକ୍ତ ହେବେ। ଅର୍ଥ ସଂଗ୍ରହ କରିବାରେ ତତ୍ପରତା ପ୍ରକାଶ କରିବେ। ମହିଳାମାନେ ଅପମାନିତ ହୋଇପରନ୍ତି।

**ମିଥୁନ** — ସମସ୍ୟା ଉପରେ ସମସ୍ୟାର ସମାଧାନ କରି ବ୍ୟସ୍ତ ବିବ୍ରତ ହୋଇ ପଡିବେ। ସାଧାରଣ କଥାକୁ କେନ୍ଦ୍ର କରି ମନରେ ବିରକ୍ତି ଭାବ ସୃଷ୍ଟି ହୋଇପାରେ। ଆର୍ଥିକ ସ୍ୱଚ୍ଛଳତା ଓ ବନ୍ଧୁଙ୍କର ସାନ୍ନିଧ ଲାଭରୁ ଖୁସି ହେବେ।

**କର୍କଟ** — ପ୍ରତ୍ୟେକ କ୍ଷେତ୍ରରେ ସମସ୍ୟା ଆସିବାରୁ ମନ ଭାରାକ୍ରାନ୍ତ ରହିବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ସକାଶେ ଚିନ୍ତା କରିପାରନ୍ତି। ରାଜନୀତି କ୍ଷେତ୍ରରେ ପଦ ମର୍ଯ୍ୟାଦ ବୃଦ୍ଧି ପାଇବ। ଆଗାମୀ ମାଙ୍ଗଳିକ କାର୍ଯ୍ୟ ସକାଶେ ତତ୍ପରତା ପ୍ରକାଶ ପାଇବ।

**ସିଂହ** — ପ୍ରତ୍ୟେକ କ୍ଷେତ୍ରରେ ସଫଳତା ମିଳିବ। ସାମ୍ପତ୍ୟ ଜୀବନରେ ବୁଝାମଣା ନେଇ ତିକ୍ତତା ଦେଖା ଦେଇପାରେ। ନିର୍ମାଣ କ୍ଷେତ୍ରରେ ପ୍ରତିବନ୍ଧକ ସୃଷ୍ଟି ହୋଇପରେ। ଯେତେ ଭଲ କାମ କଲେ ମଧ ପ୍ରଶଂସା ବଦଳରେ ଅଭିଯୋଗ ପାଇବେ।

**କନ୍ୟା** — ପ୍ରତ୍ୟେକ କ୍ଷେତ୍ରରେ ଖର୍ଚ୍ଚାନ୍ତ ହୋଇ ଆଶା ପୂରଣ କରିବେ। କର୍ମକ୍ଷେତ୍ରରେ ସଙ୍କଟର ସମ୍ମୁଖୀନ ହେଲେ ମଧ କାର୍ଯ୍ୟକ୍ଷେତ୍ରରେ ସଫଳତା ହାସଲ କରିବେ। ଆନୁଷ୍ଠାନିକ କାମରେ ମହିଳାମାନେ ସମସ୍ୟାର ଦୃଢ଼ ମୁକାବିଲା କରିବେ।

**ତୁଳା** — ସ୍ତ୍ରୀଙ୍କର ପ୍ରେରଣା ଓ ସହଯୋଗରୁ ଉପକୃତ ହେବେ। କର୍ମକ୍ଷେତ୍ରରେ ଅତ୍ୟଧିକ ଖର୍ଚ୍ଚ କରିବାକୁବାଧ ହେବେ। ଆଶା କରୁଥିବା ଦିଗରୁ ଶୁଭ ଖବର ପାଇବେ। ମୋଟା ଅଙ୍କର ଅର୍ଥ ଖର୍ଚ୍ଚ କରି ସ୍ଥଗିତ କାମକୁ ତ୍ୱରାନିତ୍ୱ କରିବେ।

**ବିଛା** — ଚୁରତାର ସହ ବନ୍ଧୁଙ୍କ ମନରେ ବିଶ୍ୱାସ ଜନ୍ମାଇ କର୍ଯ୍ୟ ହାସଲ କରିବାରେ ସମର୍ଥ ହେବେ। ମାଙ୍ଗଳିକ କାର୍ଯ୍ୟ ସକାଶେ ଆଲୋଚନାରେ ବ୍ୟସ୍ତ ରହିବେ। ମନୋରଞ୍ଜନ କାର୍ଯ୍ୟକ୍ରମରେ ନିଜକୁ ନିୟୋଜିତ କରି ସାମୟିକ ଆନନ୍ଦ ପ୍ରାପ୍ତ କରିବେ।

**ଧନୁ** — ପାରିବାରିକ ଅସ୍ଥିରତା ଲାଗି ରହିଥିଲେ ମଧ୍ୟ ପ୍ରତିକୂଳ ପରିସ୍ଥିତିର ଚାପ କ୍ରମଶଃ କମ୍ ହେବ। ବନ୍ଧୁମାନଙ୍କ ଦ୍ୱାରା ସମସ୍ୟାର ସରଳ ସମାଧାନ ହେବ। ରାଜନୀତିକ ସ୍ତରରେ ଉନ୍ନତି କରିବେ। ମହିଳାମାନେ ପରିବାରର କଥାକୁ ଚିନ୍ତା କରି ଅସ୍ଥିର ହେବେ।

**ମକର** — କର୍ମକ୍ଷେତ୍ରରେ ଧୀରେ ସୁସ୍ଥେ ଗତି କରିବେ। ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ ପଦକ୍ଷେପ ଗ୍ରହଣ କରିବେ। ନିଜ ଦୋଷରୁ ନିଜ ପାଇଁ ଅସୁବିଧା ସୃଷ୍ଟି କରିବେ। ମହିଳାମାନେ ଗଠନ ମୂଳକ ପରାମର୍ଶ ପାଇ ଖୁସି ହେବେ।

**କୁମ୍ଭ** — ସନ୍ତାନମାନଙ୍କ ସ୍ୱାସ୍ଥ୍ୟ ଓ ସ୍ୱଭାବ ଯୋଗୁଁ ବିଚଳିତ ରହିବେ। ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କର ସାହାଯ୍ୟ ଲୋଡିବେ। ବ୍ୟବସାୟ କ୍ଷେତ୍ରରେ ଆଶାନୁରୂପକ ଲାଭବାନ ହେବେ। ମହିଳାମାନଙ୍କର ସ୍ୱାସ୍ଥ୍ୟହାନୀ ଘଟିପାରେ।

**ମୀନ** — ଦୁଃସାହସିକ ପଦକ୍ଷେପ ନେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହେବେ। ମଜଳିଆ କଥା କହି ବନ୍ଧୁଙ୍କୁ ଆକର୍ଷିତ କରିବେ। କେତେକ କ୍ଷେତ୍ରରେ ଚାପରୁ ସମ୍ମୁଖୀନ ହୋଇପାରନ୍ତି। ସନ୍ତାନଙ୍କ ପାଇଁ ଗୌରାବାନିତ୍ୱ ମନେ କରିବେ।

ସଂ ଗଚ୍ଛଧ୍ୱଂ ସଂ ବଦଧ୍ୱଂ ସଂ ବୋ ମନାଂସି ଜାନତାମ୍ ।
ଦେବା ଭାଗଂ ଯଥା ପୂର୍ବେ ସଂଜାନାନା ଉପାସତେ ।।
ସମାନୋ ମନ୍ତ୍ରଃ ସମିତିଃ ସମାନୀ ସମାନମ୍ ମନଃ ସହ ଚିତ୍ତମେଷାମ୍ ।
ସମାନଂ ମନ୍ତ୍ରମଭି ମନ୍ତ୍ରୟେ ବଃ ସମାନେନ ବୋ ହବିଷା ଜୁହୋମି ।।
ସମାନୀ ବ ଆକୂତିଃ ସମାନା ହୃଦୟାନି ବଃ ।
ସମାନମସ୍ତୁ ବୋ ମନୋ ଯଥା ବଃ ସୁସହାସତି ...

ଋଗ୍ ବେଦ ୧୦/୧୯୧-୨-୪

**ପର୍ଯ୍ୟବେକ୍ଷକ**

**ସମ୍ପାଦକୀୟ**

**ଭୁବନେଶ୍ୱର, ୨୦୨୪, ନଭେମ୍ବର ୮**

# ଯମ ପଦ ନର ସଭ୍ୟତାରେ କ'ଣ ?



ଉତ୍କଳାନନ୍ଦ ଅଜୟ କୁମାର ବେହେରା

ଯମର ପ୍ରକୃତ ଅର୍ଥ ନିୟମ କାନୁନ ସଂସାର ଚଳିବାକୁ ଅନେକ ନିୟମ କାନୁନ ବନ୍ଧା ଯାଇଛି । ପ୍ରଜାପତି ବ୍ରହ୍ମା ଯମର ପଦବୀ ଜାହିର କରିଛନ୍ତି । ଯେ ଦଣ୍ଡଧାରୀ ରାଜା ଯେଉଁ ପାପୀ କଳୁଷିତ କର୍ମକର୍ତ୍ତା ସେଇ ମାନଙ୍କୁ ଦଣ୍ଡ ଦେବା ଦାୟିତ୍ୱ ତାଙ୍କୁ ଅର୍ପଣ ବ୍ରହ୍ମା କରିଛନ୍ତି । ବ୍ରହ୍ମା ଅର୍ଥ ସୃଷ୍ଟିକର୍ତ୍ତା । ଯେ ସୁସ୍ଥ ସୁନ୍ଦର ଭାବରେ ସୃଷ୍ଟି ଚଳାଇବାକୁ କିଛି କାନୁନ ରଚିଛନ୍ତି । ଏହାକୁ ଠିକ ଭାବରେ କରିବାକୁ ଅନେକଙ୍କୁ ମୁତୟନ ରଖିଛନ୍ତି, ଦଶଦିଗପାଳ ସ୍ଥିତିରେ ବ୍ରହ୍ମା ସର୍ବ ଉପରେ ଓ ସବୁଠାରୁ ତଳେ ଅନନ୍ତ ଶକ୍ତି ଯେ ସୃଷ୍ଟି ଧାରଣ କରିଛନ୍ତି । ସୃଷ୍ଟିର ରକ୍ଷା କେବଳ ପୁଣ୍ୟ ସଞ୍ଚାର ଦ୍ୱାରା ହିଁ ତିଷ୍ଠି ପାରେ ପାପ ପ୍ରଭାବ ଦ୍ୱାରା ନୁହେଁ ।

ମନୁଷ୍ୟ ମର ମାତ୍ର ସେ ଯେତେ ଦିନ ବଞ୍ଚିବ ସେ ସମୟକୁ ସେ ତାର ମନମୌଜିରେ ନିଜ ଇଚ୍ଛାରେ ନିଜ ଧାରାରେ ଚଳାଇ ବଞ୍ଚିବାକୁ ଚାହେଁ । ସଂସାର ଚଳାଇବା ସମ୍ବିଧାନକୁ ବ୍ୟକ୍ତି ଯଦି ନିଜ ଇଚ୍ଛାରେ ନେବ ତେବେ ସୃଷ୍ଟିରେ ଆଲୋଡ଼ନ ନିଶ୍ଚୟ ହେବ । ମହାଭୂତମାନେ ଅସ୍ଥିର ହୋଇ ଉତ୍ପାତି କରିବେ ଦିଗପାଳମାନେ ବ୍ୟତିବ୍ୟସ୍ତ ହେବେ, ଅନନ୍ତ ନାଗଙ୍କୁ ପାପ ଭାର ଅଧିକ ଯୋଗୁ ସେ କଡ଼ ଲେଉଟାଇବେ । ସୃଷ୍ଟି ଚଳାଇବା ସମ୍ବିଧାନର ଧାରା ଯୁକ୍ତି ଯୁକତ ଦେଖା ଶୁଣା ଦାୟିତ୍ୱ ଯମରାଜଙ୍କର ଯେ ସମ୍ବିଧାନକୁ ଯଥାଯମ ରକ୍ଷା କରିବା ଦାୟିତ୍ୱରେ ଥିବା ନ୍ୟାୟ ପାଳିକା ଓ ପୋଲିଶ ବାହିନୀ ହାତରେ ମନୁଷ୍ୟମାନେ ନ୍ୟସ୍ତ କରିଛନ୍ତି । ପ୍ରକୃତରେ ଏମାନେ ଯମଙ୍କର ମନୁଷ୍ୟ ପ୍ରତିନିଧି ବିଚାରପତିମାନେ ଧର୍ମରାଜ ଆଖ୍ୟାରେ ରହିଛନ୍ତି । ପୋଲିଶ ଯଗୁଆଳି ଯମଦୂତ । ଯମଦୂତ ଧର୍ମ ରାଜଙ୍କ ଉଦ୍ଦେଶ୍ୟରେ ତାଙ୍କପୁର ବିଚାରାଳୟକୁ ପଠାନ୍ତି ସେଠାରେ ବିଚାର ହୋଇ ଅଭିଯୋଗର ବିଶ୍ଳେଷଣ ହୋଇ ଦଣ୍ଡ ଦିଆଯିବା ସ୍ଥିର ବା ମୁକ୍ତି ସ୍ଥିର କରାଯାଏ । ସ୍ଥୁଳ ଶରୀରରେ ଯମପୁରକୁ ଯିବା କ୍ୱଚି ପ୍ରାୟ ଶତକଡ଼ା ହିସାବରେ ୯୯.୯୯% ସ୍ଥୁଳ ରକ୍ତମାଂସ ଶରୀରରେ ଯୋଉଛନ୍ତି । ସୂକ୍ଷ୍ମ ଶରୀରକୁ ଯନ୍ତ୍ରଣା କଷ୍ଟ ସହ୍ୟ କରିବାକୁ ପଡ଼େ । ମର୍ତ୍ତ୍ୟର କର୍ମଫଳ ଅନୁସାରେ ଚିତ୍ରଗୁପ୍ତ ବୟାନ କରାଯାଏ ଚିତ୍ରଗୁପ୍ତଙ୍କ ସବୁ ସମୟରେ ଚରିତ୍ର ପାଞ୍ଜି ମର୍ତ୍ତ୍ୟବାସୀଙ୍କର ଲେଖା ଚାଲିଛି । ଯମପୋଥିରେ ଉତକୋଚ ଧାରା ପ୍ରତିପତ୍ତି ଆଭିଜାତ୍ୟ ୟୁନିଭରସିଟି ସାର୍ଟିଫିକେଟ ଏହାର କିଛି ମୂଲ୍ୟନାହିଁ । ଧର୍ମରାଜ ଶୁଦ୍ଧିଭିତ୍ତି ଧର୍ମକାନ୍ତ ଜନ ହୋଇ ତାଙ୍କୁ ନର୍କବାଟେ ଯିବାକୁ ପଡ଼ିଥିଲା । ସପ୍ତ ଚିରଞ୍ଜିବୀ ଅଛନ୍ତି ଯମଗୁରୁ ଯିବା ହୋଇନାହିଁ । ମହାନଶୈଶବ ମାର୍କଣ୍ଡେୟ ଯମ ଦଉଡିରେ ବନ୍ଧା ହୋଇ ଶିବ ଅନୁକମ୍ପାରୁ ସାତକଳ୍ପ ପର୍ଯ୍ୟନ୍ତ ଆୟୁ ପାଇଛନ୍ତି । ତ୍ରିଶଙ୍କୁ ଋଷି ତପୋବଳରେ ଅଧା ସ୍ୱର୍ଗରେ ରହିଛନ୍ତି । ଏସବୁ ଲୋକ ନଜିର ବିଷୟ । ରାଜ ଶାସନ ସର୍ବତ୍ର ଅଛି । ଗଣତନ୍ତ୍ର ହେଉ କମ୍ୟୁନିଷ୍ଟ ଶାସନ ହେଉ ରାଜତନ୍ତ୍ର । ଏମାନେ ସ୍ୱ ପରିଷଦରେ ମନ୍ତ୍ରୀ ପୁରୋହିତ, ଜ୍ୟୋତିଷୀ, ପରୀକ୍ଷକ, କରଣ ଡଗର, ତାଡନୀୟ ଅର୍ଥ ରକ୍ଷକ ଆସୁକରକ୍ଷକ ପ୍ରତିହାରୀ ଓ ଦଣ୍ଡକାର ପ୍ରାଚୀନ ପଦ୍ଧତିରେ ରହୁଥିଲେ ଏ ସମୟକୁ ପରିକ୍ଷକ କରଣ ତାଡ଼ନୀୟ ଦଣ୍ଡକାର ଏମାନେ ଅଛନ୍ତି । ମାତ୍ର ତାଙ୍କର ଭିନ୍ନ ନାମ ଅଛି । ତାଡ଼ନୀୟ ଦଣ୍ଡକାର ଏ ସବୁ ପୋଲିଶର କାମ । ରାଜତନ୍ତ୍ରରେ ଚାରି ନିତ ଅଛି । ଏ ମଧ୍ୟରେ ଦଣ୍ଡନୀତି କୁଡ଼ର ଲୋକେ କାନୁନକୁ ମାନି ଚଳୁଛନ୍ତି । ଏହି ଦଣ୍ଡ ନୀତିକୁ ତାଡ଼ନୀୟ ମାନେ ଯୌଥ ହୋଇ କଳହ ଦିଗରେ ହୈଚୈ କରିବାକୁ ତାଡ଼ନ କରିବାକୁ ରାଜକର୍ମଚାରୀ ମୁତୟନ ଅଛି ।

ପୋଲିଶର ଭିନ୍ନ ବିଭାଗ ରହିଛି । ଏମାନଙ୍କର ଆଭ୍ୟନ୍ତରୀଣ ସମସ୍ୟାକୁ ସେହି ବିଭାଗରେ ବିଚାର କରାଯାଇଥାଏ । ଯେଉଁ କାନୁନରେ ବିଭାଗ ଚାଲୁଛି । ତାହା ସାର୍ବଜନୀନ ନୁହଁ । କଟୁ ବାକ୍ୟ ସନ୍ଦେହୀ ଅପରାଧିକୁ ନକହିଲେ କେବେ ସତ୍ୟ ଉନ୍ମୋଚିତ ହୁଏନାହିଁ । ଏପାଇଁ କଟୁଆଳ ପୂର୍ବେ କୁହାଯାଉଥିଲା । ଏମାନଙ୍କର ଏକ ବିଭାଗ ଚୌକି ଲଗାନ୍ତି । ଏ ପାଇଁ ଚୌକିଦାର ପଦବୀ ପୂର୍ବେ ଥିଲା । ଏବେ ଉଠି ଯାଇଛି ତଥାପି ପ୍ରହରୀ ରକ୍ଷୀ ପଦବୀ ବି ଅଛି । ଏକ ଛକରେ ପ୍ରହରେ ତିନିଘଣ୍ଟା ଡିଉଟି କରୁଛନ୍ତି । ସ୍ଥାନକୁ ରକ୍ଷା କରୁଛନ୍ତି । ନେପାଳ ଏକ ହିନ୍ଦୁ ରାଷ୍ଟ୍ର ରାଜତନ୍ତ୍ରରେ ଶାସନ ଥିଲା । ଏବେ ଲୋକତନ୍ତ୍ର ଶାସନ ହୋଇଯାଇଛି । ଏଠାରେ ପୋଲିଶଙ୍କର କାର୍ଯ୍ୟାଳୟରେ ଲେଖା ଅଛି ବଡ଼ା ପ୍ରହରୀ କାର୍ଯ୍ୟାଳୟ । ଥାନାରେ ଇନଚାର୍ଜ ପଦବୀ ଏବେ ଆମ ଭାରତରେ ଅଛି । ବିଭିନ୍ନ ସମୟରେ ମୁଖ୍ୟ ଅଫିସରର ବିଶ୍ରାମ ପାଇଁ ବା କର୍ମ ଉଦ୍ଦେଶ୍ୟରେ ତଦନ୍ତରେ କେଉଁ ଆଡ଼େଗଲେ ଅଫିସ ଆସନ ଖାଲି ରହେନାହିଁ । ଏ ସମୟରେ ଚେୟାରପର୍ଶନ ବା ଇନଚାର୍ଜ ଦାୟିତ୍ୱରେ ରହିଥାନ୍ତି । ସର୍ବତ୍ର ପଦବୀ ଅନୁସାରେ ଦାୟିତ୍ୱ କର୍ମ ନିର୍ବାହ କରାଯାଉଛି । ଏଥିରେ ଏହାର ଯମ ପ୍ରଶାସନରେ ଛାୟା ରହିଛି । ଏମାନେ ଶାନ୍ତି ରକ୍ଷକ, ଶାନ୍ତି ହେଲା ଭାଇଚାରାରେ ପାରିବାରିକ ସମ୍ବନ୍ଧ ବନ୍ଧୁ ବାନ୍ଧବରେ ସମସ୍ତେ ଚଳିଯିବା । ଅପହରଣ ଶାନ୍ତି ପ୍ରତିହିତ ତାପରେ ପୋଲିଶଙ୍କର କାର୍ଯ୍ୟ । ସରକାରରେ ଗୃହମନ୍ତ୍ରଣାଳୟ ରହିଛି ଏସବୁ ରାଜ୍ୟରେ ଆଭ୍ୟନ୍ତର ବ୍ୟବସ୍ଥା ତଦାରଖ ଧନ୍ଦା, ଏହି ବିଭାଗ ସହିତ ପୋଲିସ ବିଭାଗ ଜଡ଼ିତ । କଠୋର ପୋଲିସ ଚୌକି କଂସରାଜଙ୍କର ଥିଲା । ନିଜର ପିତା ଉଗ୍ରସେନ ତାର ମୁଖ୍ୟ କର୍ତ୍ତା ଥିଲେ । ସେ ଦିନ ଚାରିମେଘ ଏକ ହୋଇ ବର୍ଷା କରାଉଥିଲେ ଚାରିଆଡ଼େ ଶୂନଶାନ ଏହା ସହିତ ଘୋର ରାତ୍ରୀ କୃଷ୍ଣପକ୍ଷ ଅଷ୍ଟମୀ ତିଥି । ଉଗ୍ରସେନ ଜାଗ୍ରତ ରହି କୃଷ୍ଣଙ୍କ ସ୍ଥାନାନ୍ତର ନିଜର ଜାମାତା ଦ୍ୱାରା କରାଗଲେ ବି ତାଙ୍କୁ ଛାଡ଼ିନଥିଲେ କୃଷ୍ଣ ଯଦି ଉପରବାଲା ତେବେ ତାଙ୍କର ଆଇ.ଡି. ମାଗିଥିଲେ । ଶଙ୍ଖଚକ୍ରଚିହ୍ନ ଦେଖି ଉଗ୍ରସେନ ଛାଡ଼ିଥିଲେ । ଅତଏବ ଯମ ଯମଦୂତ ମର୍ତ୍ତ୍ୟରେ ଏଇ ପୋଲିଶ ବିଭାଗ ଦ୍ୱାରା ସମ୍ପାଦିତ ହେଉଛି । ଏ କାର୍ଯ୍ୟ ସହଜ ନୁହଁ ସର୍ବଦା ମୋଟା କନା ପୋଷାକ ଅଣ୍ଟାରେ ଚମଡ଼ା ବେଲଟ ପାଦରେ ଯୋତା କାହାରି ପାଖରେ ବନ୍ଧୁକ ପିସ୍ତଲରେ ୟୁନିଫର୍ମ । ଅନେକ କଷ୍ଟକର କର୍ମ । ଏମାନଙ୍କର କାର୍ଯ୍ୟ ଶାନ୍ତିରକ୍ଷା । ଏ ହେଳା କଲେ ଅଶାନ୍ତି ବ୍ୟାପିଯିବା ସମ୍ଭାବନା ରହିଛି ।

*ବରେଣ୍ୟ ବାଣୀ' ପିସି ସରକାର ଲେନ୍, ଅରୁଣୋଦୟ ମାର୍କେଟ, କଟକ, ଦୂରଭାଷ : ୯୪୩୭୦୩୧୨୫୩*

# ବିଦ୍ୟାର୍ଥୀଙ୍କ ପାଇଁ ବରଦାନ ପି.ଏମ୍. ବିଦ୍ୟାଲକ୍ଷ୍ମୀ



ବାଦଲ ଭୂୟାଁ

ଓଡ଼ିଶାରେ ବିଜେପି ସରକାର ଓ କେନ୍ଦ୍ରରେ ମୋଦିଜୀଙ୍କ ବିଜେପି ସରକାର, କହିବାକୁଗଲେ ଡବଲ ଇଞ୍ଜିନ ସରକାର ବିଶେଷକରି ଓଡ଼ିଶାର ଶିକ୍ଷାକ୍ଷେତ୍ର ପାଇଁ ଫୋକସ କରିଛନ୍ତି । ପ୍ରଧାନମନ୍ତ୍ରୀଙ୍କ ପୂର୍ବ ଭାରତ ଯୋଜନା କାର୍ଯ୍ୟକ୍ରମରେ ଓଡ଼ିଶା ସ୍ଥାନ ପାଇଥିବାରୁ ଓଡ଼ିଶାର ଶିକ୍ଷାକ୍ଷେତ୍ର ଏବେ ଅନେକ ଅଗ୍ରଗତି କରୁଛି । ଅର୍ଥ ପାଇଁ କୌଣସି ମେଧାବୀ ଛାତ୍ରଛାତ୍ରୀ ଗୁଣାତ୍ମକ ଶିକ୍ଷାରୁ ଯେପରି ବଞ୍ଚିତ ନହେବେ ସେମାନଙ୍କ ପାଇଁ ସର୍ବୋପରି ଅସହାୟ ଓ ଗରିବ ବର୍ଗର ମେଧାବୀ ଛାତ୍ରଛାତ୍ରୀଙ୍କ ନିମିତ୍ତ ଉଚ୍ଚ ଶିକ୍ଷା ଦିଗରେ ପି.ଏମ୍. ବିଦ୍ୟାଲକ୍ଷ୍ମୀ ଯୋଜନା ପ୍ରୋତ୍ସାହନ ଦେବ । ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ଅଧକ୍ଷତାରେ କେନ୍ଦ୍ର କ୍ୟାବିନେଟ ୩୬ଶହ କୋଟି ଟଙ୍କା ବ୍ୟୟର ଏହି ଯୋଜନାକୁ ମଞ୍ଜୁରୀ ଦେଇଛି ଯାହାକି ଉଚ୍ଚଶିକ୍ଷାର ମେଧାବୀ ଛାତ୍ରଛାତ୍ରୀଙ୍କ ପାଇଁ ବରଦାନ କହିଲେ ଅତ୍ୟୁକ୍ତି ହେବନାହିଁ । ତେବେ ସବୁଠାରୁ ବଡ଼ କଥା ହେଉଛି ଏହାର ଶ୍ରେୟ କେନ୍ଦ୍ର ଶିକ୍ଷାମନ୍ତ୍ରୀ ତଥା ଓଡ଼ିଶା ବିଜେପିର ବଡ଼ ଚେହେରା ତଥା ମୋଦିଜୀ ଓ ଅମିତ ଶାହାଙ୍କ ଅତ୍ୟନ୍ତ ଘନିଷ୍ଠ ତଥା ଅନୁଗତ କୁହାଯାଉଥିବା କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ବାବୁଙ୍କୁ ଏହି ଶ୍ରେୟ ଦିଆଯିବ । ଏହି ଯୋଜନାରେ ଉଭୟ ସରକାରୀ ଓ ବେସରକାରୀ ଉଚ୍ଚଶିକ୍ଷାନୁଷ୍ଠାନର ମେଧାବୀ ଛାତ୍ରଛାତ୍ରୀମାନେ ଆର୍ଥିକ ସୁଫଳ ପାଇବେ । ଏଥିପାଇଁ ଜାତୀୟ ଶିକ୍ଷା ନୀତିରେ ସୁପାରିଶ କରାଯାଇଥିଲା ।

ଉଚ୍ଚ ଶିକ୍ଷା କ୍ଷେତ୍ରରେ ମେଧାବୀ ଛାତ୍ରଛାତ୍ରୀଙ୍କ ପାଇଁ ଅର୍ଥ ବାଧକ ହୋଇଥିବାରୁ ଏହି ଯୋଜନା ଅନୁଯାୟୀ ଯେ କୌଣସି ଛାତ୍ରଛାତ୍ରୀ ବ୍ୟାଙ୍କ ଓ ଆର୍ଥିକ ଅନୁଷ୍ଠାନରୁ ସମ୍ପୂର୍ଣ୍ଣ ପରିମାଣର ପାଠ୍ୟକ୍ରମ ସମ୍ବନ୍ଧୀୟ ଅନ୍ୟାନ୍ୟ ଖର୍ଚ୍ଚ ସହ ଟ୍ୟୁସନ ଫି ସବୁକିଛି ଉପଲବ୍ଧ ହେବ । ଦେଶର ୮୬୦ଟି ଉଚ୍ଚଶିକ୍ଷାନୁଷ୍ଠାନର ଛାତ୍ରଛାତ୍ରୀ ଏହାର ସୁଫଳ ପାଇବେ । ସବୁଠାରୁ ବଡ଼ କଥା ହେଉଛି ଏନଆଇଆରଏଫ ମାନ୍ୟତାରେ ବର୍ଗ ଆଧାରିତ ଓ ଡୋମେନ ଆଧାରିତ ର୍ୟାଙ୍କିଂ ସହିତ ଶୀର୍ଷ ୧୦୦ ଶିକ୍ଷାନୁଷ୍ଠାନରେ ସ୍ଥାନିତ ଶିକ୍ଷାନୁଷ୍ଠାନ, ରାଜ୍ୟ ସରକାରଙ୍କ ଉଚ୍ଚ ଶିକ୍ଷାନୁଷ୍ଠାନ ମାନ୍ୟତାରେ ୧୦୧ରୁ ୨୦୦ ମଧ୍ୟରେ ସ୍ଥାନ ପାଇଥିବା ଅନୁଷ୍ଠାନ ଓ କେନ୍ଦ୍ର ସରକାରଙ୍କ ଦ୍ୱାରା ପରିଚାଳିତ ସମସ୍ତ ଶିକ୍ଷାନୁଷ୍ଠାନ ପାଇଁ ଏହି ଯୋଜନା ଲାଗୁ ହେବ । ଏହାସହ ୭.୫୦ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ଋଣ ରାଶି ପାଇଁ ବକେୟା ଖିଲାପି ଉପରେ ଛାତ୍ରଛାତ୍ରୀ ୭୫% ଋଣ ଗ୍ୟାରେଣ୍ଟି ପାଇପାରିବେ ଯାହାଦ୍ୱାରା ଏହି ଯୋଜନା ଅଧୀନରେ ଆସୁଥିବା ମେଧାବୀ ଛାତ୍ରଛାତ୍ରୀଙ୍କୁ ଶିକ୍ଷା ଋଣ ପାଇଁ ବ୍ୟାଙ୍କ ଗୁଡ଼ିକ ସହଯୋଗ ଦେବେ । ଯୋଜନା ଲାଗୁ ହେବାପରେ ଉଚ୍ଚଶିକ୍ଷା ବିଭାଗର ଏକ ସମନ୍ୱିତ ପୋର୍ଟାଲ ପି.ଏମ. ବିଦ୍ୟାଲକ୍ଷ୍ମୀ ରହିବ । ଯେଉଁଥିରେ ଛାତ୍ରଛାତ୍ରୀମାନେ ସମସ୍ତ ବ୍ୟାଙ୍କ ଦ୍ୱାରା ବ୍ୟବହୃତ ହେବାକୁ ଥିବା ସରଳୀକୃତ ଆବେଦନ ପ୍ରକ୍ରିୟା ମାଧ୍ୟମରେ ଶିକ୍ଷାଋଣ ଓ ସୁଧ ଛାଡ଼ ପାଇଁ ଆବେଦନ କରିପାରିବେ । ଇ-ଭାଉଚର ଓ ସେଣ୍ଟ୍ରୋଲ ବ୍ୟାଙ୍କ ଡିଜିଟାଲ କରେନ୍ସି ୱାଲେଟ ଜରିଆରେ ସୁଧ ରିହାତି ମିଳିବ । ଭାରତର ଶିକ୍ଷା କ୍ଷେତ୍ରକୁ ଗୁରୁତ୍ୱ ପ୍ରଦାନ କରି ବିଶେଷକରି ମେଧାବୀ ଛାତ୍ରଛାତ୍ରୀଙ୍କ ପାଇଁ ସେମାନଙ୍କ ଉଜ୍ଜ୍ୱଳ ଭବିଷ୍ୟତର ଯୋଜନା ରଖିଥିବା ଆମ ଲୋକପ୍ରିୟ ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ବାବୁଙ୍କ କହିବା ଅନୁଯାୟୀ ଭାରତର ପ୍ରତିଭାବାନ ଯୁବକ ଯୁବତୀଙ୍କୁ ସାର୍ବଜନୀନ ଉଚ୍ଚଶିକ୍ଷା ଉପଲବ୍ଧି କରାଇବା ହେଉଛି ପ୍ରଧାନମନ୍ତ୍ରୀ ମୋଦିଜୀଙ୍କ ଗ୍ୟାରେଣ୍ଟି । ପି.ଏମ୍. ବିଦ୍ୟାଲକ୍ଷ୍ମୀ ମଞ୍ଜୁର ହେବା ପରେ ମେଧାବୀ ଛାତ୍ରଛାତ୍ରୀଙ୍କ ପାଇଁ ଉଚ୍ଚ ଶିକ୍ଷା କ୍ଷେତ୍ରରେ ଥିବା ପ୍ରତିବନ୍ଧକ ଆଉ ରହିବ ନାହିଁ । ଏହି ଯୋଜନା ଅନ୍ତର୍ଭୁକ୍ତ ବିଦ୍ୟାର୍ଥୀମାନେ ବିନା ବନ୍ଧକରେ ଏବଂ ଗ୍ୟାରେଣ୍ଟର ମାଗଣା ଶିକ୍ଷା ଋଣ ପାଇପାରିବେ । ଧର୍ମେନ୍ଦ୍ର ବାବୁଙ୍କ ଭିଜନ ଅନୁଯାୟୀ ସ୍ୱଚ୍ଛ, ପାରଦର୍ଶୀ ବିଦ୍ୟାର୍ଥୀ ସହଯୋଗୀ ଓ ଡିଜିଟାଲ ଆପ୍ଲିକେସନରେ ସମସ୍ତ ବ୍ୟାଙ୍କ ଦ୍ୱାରା ଶିକ୍ଷାଋଣ ପ୍ରଦାନ କରାଯିବ । ପି.ଏମ.ବିଦ୍ୟାଲକ୍ଷ୍ମୀ ଗରିବ ଓ ମଧ୍ୟବିତ୍ତ ଶ୍ରେଣୀର ଛାତ୍ରଛାତ୍ରୀଙ୍କୁ ସଶକ୍ତ କରିବ ବୋଲି ତାଙ୍କ ମତ ।

ଓଡ଼ିଶାରେ ମେଧାବୀ ଛାତ୍ରଛାତ୍ରୀଙ୍କ ପାଇଁ ଶିକ୍ଷାଋଣ ଏବଂ ଅର୍ଥ ସହ ଶିକ୍ଷାଗତ ପ୍ରୋତ୍ସାହନ ସେମାନଙ୍କ ଆଗକୁ ଯିବା ପାଇଁ ବଡ଼ ପ୍ରତିବନ୍ଧକ ହୋଇଥାଏ । ସରକାରୀ ଅନୁଷ୍ଠାନ ବ୍ୟତୀତ ବୈଷୟିକ ଓ ବୃତ୍ତିଗତ ପାଠ୍ୟକ୍ରମ ଛାତ୍ରଛାତ୍ରୀଙ୍କ ପାଇଁ ଏହି ଯୋଜନା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ ଓ ବରଦାନ । ପ୍ରଧାନମନ୍ତ୍ରୀ ମୋଦିଜୀଙ୍କ ଡବଲ ଇଞ୍ଜିନ ସରକାର ଓଡ଼ିଶାର ଶିକ୍ଷାକ୍ଷେତ୍ରକୁ ଅତ୍ୟନ୍ତ ଗୁରୁତ୍ୱ ଓ ପ୍ରାଧାନ୍ୟ ଦେଉଥିବାରୁ ଏହି ଯୋଜନା ଅତ୍ୟନ୍ତ ବରଦାନ ସାବ୍ୟସ୍ତ ହେବ । ସବୁଠାରୁ ବଡ଼ କଥା ହେଉଛି ଧର୍ମେନ୍ଦ୍ର ବାବୁ ଓଡ଼ିଶାର ଶିକ୍ଷା ଭିଜନ ପାଇଁ ଯେଉଁ କ୍ରାନ୍ତିକାରୀ ଯୋଜନା ଆଗେଇ ନେଉଛନ୍ତି ଏହା ମେଧାବୀ ଛାତ୍ରଛାତ୍ରୀଙ୍କ ଗୁଣାତ୍ମକ ଶିକ୍ଷାକୁ ଆଗେଇ ନେବା ସହ ଓଡ଼ିଶାର ଶିକ୍ଷା ମାନଚିତ୍ରରେ ଆଗାମୀ ଦିନରେ ମେଧାବୀ ଛାତ୍ରଛାତ୍ରୀମାନେ ସେମାନଙ୍କ ସ୍ୱର୍ଣ୍ଣିମ କ୍ୟାରିୟର ବିଶ୍ୱ ଦରବାରରେ ପ୍ରତିପାଦିତ କରିପାରିବେ । ଓଡ଼ିଶାର ବିଶେଷକରି ଉଚ୍ଚଶିକ୍ଷା କ୍ଷେତ୍ରକୁ ଯୋଜନାର ଅଗ୍ରଗତି କରି ମେଧାବୀ ଛାତ୍ରଛାତ୍ରୀଙ୍କ ପାଇଁ ଅତ୍ୟନ୍ତ ପ୍ରୋତ୍ସାହନ ଓ ସଫଳତା ପ୍ରେରଣା ଯୋଗାଉଥିବାରୁ ଜଣେ ଓଡ଼ିଆ ଭାବେ କେନ୍ଦ୍ର ଶିକ୍ଷାମନ୍ତ୍ରୀ ତଥା ଓଡ଼ିଶା ବିଜେପିର ସବୁଠାରୁ ଲୋକପ୍ରିୟ ଚେହେରା ଧର୍ମେନ୍ଦ୍ର ବାବୁଙ୍କୁ ଅଭିନନ୍ଦନ, ଧନ୍ୟବାଦ ଓ କୃତଜ୍ଞତା ଜଣାଉଛୁ ।

*ପ୍ରତିଷ୍ଠାତା ସମ୍ପାଦକ 'ସିଂହଭୂମ', ୪ଜି ପ୍ରତାପ ଆପାର୍ଟମେଣ୍ଟ, ୭ ଏକ୍ସଟେନସନ ରୋଡ଼, ପୁରୁଣା ସୋନାରୀ, ଜାମସେଦପୁର*

# ସଦଗୁରୁଙ୍କ ଶରଣାପନ୍ନ ହୁଅ, ସତନାମ ମନନ କର.....



ପ୍ରଫେସର ଡାକ୍ତର ଉମେଶ ଚନ୍ଦ୍ର ପାତ୍ର

ଆମର ଗୋଟାଏ ଦୋଷ ଏଇ ଯେ, କିଛି ନ ବୁଝି, ମହାପୁରୁଷଙ୍କ ଉପରେ ମୂଳରୁ ଭଗବତ୍ତ୍ୱ ଆରୋପ କରି, ଭଗବତ ଶକ୍ତିରେ ଅଲୌକିକ ଭାବରେ ସବୁ ସେ କରିଦେବେ – ଏଇ ଆଶାରେ ନିଶ୍ଚିନ୍ତ ହୋଇ ବସିଯାଉ । ଏହାଠାରୁ ବଡ଼ ଭୁଲ ଆଉ କିଛି ନାହିଁ । ଭଗବାନ ହେଲେ ବି ସିଏ ଯେ ଜଣେ ମଣିଷ, ଏବଂ ମଣିଷ ଜଗତରେ ମଣିଷକୁ ଯାହା କରିବାକୁ ହୁଏ ସେହି ମାନବୀୟ ଭାବରେ କାର୍ଯ୍ୟସିଦ୍ଧି କରିବା ଛଡ଼ା ତାଙ୍କର ମଧ୍ୟ ଯେ ଉପାୟ ନାହିଁ, ଏହା ବୁଝି, ଖଟିଖାଟି, ତାଙ୍କର ଚାହିଦା ପୂରଣ କରିବା ଦରକାର । ମହାପୁରୁଷଗଣ ଇଚ୍ଛା କରିଲେ ହିଁ ଅନେକ କିଛି କରିପାରନ୍ତି । ଏଇ କଥାର ତାତ୍ପର୍ଯ୍ୟ ଏଇ ଯେ, ସେମାନଙ୍କର ବିରାଟ ପରିପୂରଣକାରୀ ଓ ନିୟନ୍ତ୍ରଣକାରୀ ଶକ୍ତି, ପ୍ରେମ ଓ ଚରିତ୍ରବଳ ଥାଏ, ସେଇ କାରଣରୁ ଅନେକେ ତାଙ୍କ ପ୍ରତି ଆକୃଷ୍ଟ ହୋଇ ତାଙ୍କର କଲ୍ୟାଣକର ଇଚ୍ଛାକୁ ରୂପଦେବାକୁ ଚେଷ୍ଟା କରନ୍ତି ଏବଂ ବହୁ ଲୋକଙ୍କର ସମବେତ ଓ ସୁସଂଗଠିତ ଚେଷ୍ଟା ଫଳରେ ଅନେକ ଅସାଧ୍ୟ ସାଧନ ହୋଇଥାଏ । ଯାହାହେଉ, ଅବତାର ମହାପୁରୁଷଙ୍କ ଭୂତ-ମହେଶ୍ୱର ଭାବ କିନ୍ତୁ ତାଙ୍କୁ ଅନୁସରଣ କରିଲେ ହିଁ ବୁଝାଯାଏ । ମ୍ୟାନ ହୁଡ ଟୁ ଗଡ଼ ହୁଡ଼ (ମନୁଷ୍ୟତ୍ୱରୁ ଈଶ୍ୱରତ୍ୱକୁ) ପ୍ରୋସିଡ଼ ନକରିଲେ (ଅଗ୍ରସର ନହେଲେ) ଗଡ଼ହୁଡ଼ (ଈଶ୍ୱରତ୍ୱ) ବୁଝାଯାଏ ନାହିଁ, ତତ୍ ସମ୍ବନ୍ଧରେ ଅଳୀକ ମନଗଢ଼ା କଳ୍ପନାହିଁ ସାର ହୋଇଥାଏ ।

ଜୀବନ ଗତିଶୀଳ, ଏକ ପ୍ରବହମାନ ଧାରା । ଏହି ଧାରାରେ ଧାବିତ ସକଳ ଜୀବଜଗତ, ମାତ୍ର ଧାବମାନ ଜୀବନକୁ ସୁନିୟନ୍ତ୍ରିତ କରି ନପାରିଲେ ଜନ୍ମ ନିରର୍ଥକ ହୋଇଯାଏ । ଜୀବନକୁ ସୁନିୟନ୍ତ୍ରିତ କରିବା ଲାଗି ସଦଗୁରୁଙ୍କ ଶରଣାପନ୍ନ ହେବା ଅପରିହାର୍ଯ୍ୟ । ସଦଗୁରୁଙ୍କ ନିର୍ଦ୍ଦେଶିତ ପଥରେ ଜୀବନକୁ ଚଳାଇପାରିଲେ ଜୀବନ ହୋଇଉଠେ ସମୁନ୍ନତ, ସୁମଧୁର । ପରମ ପ୍ରେମମୟ ଶ୍ରୀ ଶ୍ରୀ ଠାକୁର ଅନୁକୂଳଚନ୍ଦ୍ର 'ସତ୍ୟାନୁସରଣ'ରେ ଉଲ୍ଲେଖ କରିଛନ୍ତି – 'ସଦଗୁରୁଙ୍କ ଶରଣାପନ୍ନ ହୁଅ, ସତନାମ ମନନ କର ଆଉ ସତସଙ୍ଗର ଆଶ୍ରୟ ଗ୍ରହଣ କର, ମୁଁ ନିଶ୍ଚୟକରି କହୁଛି ତୁମର ଉନ୍ନୟନ ପାଇଁ ତୁମକୁ ଆଉ ଚିନ୍ତା କରିବାକୁ ପଡ଼ିବ ନାହିଁ ।' ଏ ଉନ୍ନୟନ ଉଭୟ ଭୌତିକ ଓ ଆତ୍ମିକ । ଆତ୍ମିକ ଉନ୍ନତି ବିନା କେବଳ ଭୌତିକ ଉନ୍ନତି ମୂଳହୀନ । ପୁଣି ଉଚ୍ଚ ବା ଶ୍ରେଷ୍ଠଜନଙ୍କ ପ୍ରତି ଶ୍ରଦ୍ଧାଭକ୍ତି ବିନା ଉନ୍ନତି ସମ୍ଭବ ନୁହେଁ । କେତେକେ କହନ୍ତି, 'ପ୍ରଭୁ ତୁମେ ମୋର' । ଏହାର ଅର୍ଥ ପ୍ରଭୁ ତୁମେ କେବଳ ମୋର, ତୁମେ ଆଉ କାହାର ନୁହଁ । ଅବଶ୍ୟ ଏଠାରେ ସଂକୀର୍ଣ୍ଣ ସ୍ୱାର୍ଥପରତାର ଝଲକ ଫୁଟି ଉଠେ । କାରଣ ଏଭଳି କହୁଥିବା ବ୍ୟକ୍ତି ଚାହେଁ ପ୍ରଭୁ କେବଳ ତା'ରି କଥା ଶୁଣନ୍ତୁ, ତାରି ଅଭୀଷ୍ଟ ପୂରଣ କରନ୍ତୁ । ଅପରପକ୍ଷରେ 'ମୁଁ ତୁମର' କହିଲେ – ସମର୍ପଣର ଭାବ ପ୍ରକଟିତ ହୁଏ । ତେଣୁ ଠାକୁରଙ୍କ ପାଖରେ ସମର୍ପିତ ହେବାକୁ ହେଲେ – 'ମୁଁ ତୁମର' ଭାବଟିକୁ ନିଜ ଭିତରେ ଆରୋପିତ କରିବାକୁ ପଡ଼ିବ । ଏହା ହୋଇପାରିଲେ ଅହଙ୍କାର, ଆତ୍ମମ୍ଭରିତା ଉପରେ ନିୟନ୍ତ୍ରଣ ଆସିପାରିବ, ନିଜ ଭିତରେ ବିନୟସମନ୍ୱିତ ଭାବ ଗଜେଇ ଉଠିବ । ବ୍ୟକ୍ତିର ପ୍ରକୃତ ବ୍ୟକ୍ତିତ୍ୱ ପ୍ରସ୍ଫୁଟିତ ହୋଇପାରିବ ।

ବର୍ତ୍ତମାନ ସମୟରେ ବ୍ୟକ୍ତିର ଜୀବନ ବହୁ ସଙ୍କଟ ଦେଇ ଗତି କରୁଛି । ଅବିଶ୍ୱାସ, ସ୍ୱାର୍ଥପରତା, ହିଂସା, ଅପରାଧ ଭୟଙ୍କର ଭାବରେ ସମାଜକୁ କଳୁଷିତ କରୁଛି ଓ ଆହୁରି ତୀବ୍ର ରୂପ ଗ୍ରହଣ କରିବାର ଆଭାସ ମିଳୁଛି । ବ୍ୟକ୍ତିର ଉନ୍ନତି କେବଳ ଭୌତିକ ଉନ୍ନତିରେ ସୀମିତ ହୋଇଯାଉଛି । ଅର୍ଥନୈତିକ ଉନ୍ନତି ସହିତ ଚରିତ୍ରର ଅବନତି ତାଳ ମିଳାଇ ଚାଲିଛି । ବ୍ୟକ୍ତିର ଜୀବନ ଆହର, ନିଦ୍ରା ଓ ମୈଥୁନ ମଧ୍ୟର ସୀମାବଦ୍ଧ ହୋଇଯାଉଛି । ଧର୍ମକୁ ବାଦ ଦେଇ ପ୍ରକୃତ ଉନ୍ନତି ସମ୍ଭବ ନୁହେଁ । ପ୍ରକୃତ ଧର୍ମ କିନ୍ତୁ ସଂପ୍ରଦାୟର ଉର୍ଦ୍ଧ୍ୱରେ । ଏହି ଧର୍ମ କିନ୍ତୁ ଜୀବନ୍ତ ହୋଇଥାଏ ସଦଗୁରୁଙ୍କ ଠାରେ । ଅତଏବ ସଦଗୁରୁଙ୍କୁ ବାଦ ଦେଇ ଓ ଧର୍ମକୁ ବାଦ ଦେଇ କେବେ ପ୍ରକୃତ ଉନ୍ନତି ହୋଇପାରେନା । ଶ୍ରୀ ଶ୍ରୀ ଠାକୁର ପୁଣ୍ୟପୁଥିରେ ଭାବସମାଧି ଅବସ୍ଥାରେ ଅମୋଘ ଆଶ୍ୱାସନା ଦେଇ କହିଛନ୍ତି, 'ଥରେ ପରମାତ୍ମାଙ୍କ ଭାବରେ ଭାବିତ ହୁଅ, ତୁମର ସବୁ ଜ୍ୱାଳା ଯନ୍ତ୍ରଣା ମୋ ହାତ ଦେଇ ପୋଛି ଦେବି ।' 'ଚଲାର ସାଥୀ'ରେ ଉଲ୍ଲେଖ ରହିଛି ଦୁଃଖ ଓ ଅଭାବକୁ ଅତିକ୍ରମ କରି ସହଜ ସରଳ ଜୀବନ ଯାପନ କରିବା ଓ ସୁଖଶାନ୍ତିରେ ବଞ୍ଚିବା ସମ୍ଭବ ହୁଏ ସଦଗୁରୁଙ୍କୁ ନିଜ ଜୀବନର କେନ୍ଦ୍ର କରି । ସଦଗୁରୁଙ୍କର ପ୍ରତିଷ୍ଠା ଭିତର ଦେଇ ଧର୍ମର ପ୍ରତିଷ୍ଠା ହୁଏ ଓ ସମାଜର ମଙ୍ଗଳ ହୁଏ । ସେଥିପାଇଁ ନିଜକୁ ତିଆରି କରିବା ନିତାନ୍ତ ଆବଶ୍ୟକ । ଶ୍ରୀ ଶ୍ରୀ ଠାକୁରଙ୍କର କଥାରେ – 'ତୁମେ ଜାଣ ବା ନ ଜାଣ ପାର ବା ନପାର – ଅବ୍ୟାହତ ଥାଉ, – ସିଦ୍ଧିର ପଥ ଖୋଜିନିଅ – କୃତାର୍ଥ ହେବ, କୃତକାର୍ଯ୍ୟତା ଆସିବ; ଆଉ, ତୁମର ପ୍ରତିଷ୍ଠା ତୁମର ଆଦର୍ଶଙ୍କୁ ପ୍ରତିଷ୍ଠିତ କରିବ ହିଁ – ନିଶ୍ଚୟ ଜାଣ ।'

ସହପ୍ରତିରତ୍ୱିକ ଓ ପ୍ରଫେସର, ହେପାଟୋଲୋଜି ବିଭାଗ, ଶ୍ରୀରାମଚନ୍ଦ୍ର ଭଞ୍ଜ ମେଡ଼ିକାଲ କଲେଜ, କଟକ, ଦୂରଭାଷ : ୯୪୩୭୦୫୧୯୫୭

# ଜନସଂଖ୍ୟା ନିୟନ୍ତ୍ରଣ ବନାମ ଜନସଂଖ୍ୟା ବୃଦ୍ଧି



ଗୋପାଳ ମହାପାତ୍ର

ଜନସଂଖ୍ୟା ବୃଦ୍ଧି ସପକ୍ଷରେ ମତଦେଇ ଆନ୍ଧ୍ରପ୍ରଦେଶର ମୁଖ୍ୟମନ୍ତ୍ରୀ ଚନ୍ଦ୍ରବାବୁ ନାଇଡୁ ଦେଶରେ ଏକ ନୂଆ ବିମର୍ଷ ପାଇଁ ଖୋରାକ ଯୋଗାଇ ଦେଇଛ଼ି । ନାଇଡୁଙ୍କ ମନ୍ତ୍ରୀମଣ୍ଡଳ ଏଇ କିଛି ଦିନ ତଳେ ନିଷ୍ପ ି ନେଇଛି ଯେ ଯେଉଁ ଦମ୍ପ ିଙ୍କର ଦୁଇ କିମ୍ବା ତାଠାରୁ କମ୍ ସ'ାନ ସ'ତି ଥିବେ ସେମାନେ ସ୍ଥାନୀୟ (ତ୍ରିସ୍ତରୀୟ) ନିର୍ବାଚନରେ ଭାଗନେଇ ପାରିବେ ନାହିଁ । ମହାନଗର ନିଗମ ଓ ନଗରପାଳିକା ଠାରୁ ଆରମ୍ଭ କରି ପ ାୟତର ନିର୍ବାଚନରେ ଦୁଇ ବା କମ୍ ପିଲା ଥିବା ଦମ୍ପ ି ଲଢ଼ି ପାରିବେ ନାହିଁ । କି'ୁ ୩୦ ବର୍ଷ ପୁର୍ବେ ସଂଯୁକ୍ତ ଆନ୍ଧ୍ରପ୍ରଦେଶ (ଆନ୍ଧ୍ର ଓ ତେଲେଙ୍ଗାନା)ର ମୁଖିଆ ଥିବା ବେଳେ ସେଇ ଚନ୍ଦ୍ରବାବୁ ନାଇଡୁ ନିଷ୍ପ ି ନେଇଥିଲେ ଯେ ଯେଉଁ ବ୍ୟକ୍ତି ବା ଦମ୍ପ ି ମାନଙ୍କର ଦୁଇରୁ ଅଧିକ ସ'ାନ ସ'ତି ଥିବେ ସେମାନେ ସ୍ଥାନୀୟ ନିର୍ବାଚନରେ ଭାଗ ନେଇ ପାରିବେ ନାହିଁ । ପ୍ରଶ୍ନ ଉଠୁଛି ଯେ ଚନ୍ଦ୍ରବାବୁ ୩୦ ବର୍ଷ ତଳେ ନେଇଥିବା ନିଷ୍ପ ିକୁ ପରିବ ର୍ନ କରି ଏବେ ଦୁଇରୁ ଅଧିକ ସ'ାନ ପାଇଁ ନିଷ୍ପ ି ନେଲେ କାହିଁକି ? ଏହାର ଦୁଇଟି କାରଣ ଥାଇପାରେ । ପ୍ରଥମ କାରଣ ହେଉଛି ସାମାଜିକ-ଆର୍ଥୀକ ଏବଂ ଦ୍ୱୀତିୟ କାରଣ ହେଉଛି ରାଜନୈତିକ । ଭାରତରେ ଜନସଂଖ୍ୟା ବୃଦ୍ଧିକୁ ନେଇ କିଛି ଦଶନ୍ଧି ହେବ ବିମର୍ଷ ଚାଲିଛି ଓ ଏଇଥିପାଇଁ କେନ୍ଦ୍ର ସରକାର ଜନସଂଖ୍ୟା ନିୟନ୍ତ୍ରଣ ଅଭିଯାନ ପରିବାର ନିୟନ୍ତ୍ରଣ ମାଧ୍ୟମରେ ଚଳାଇଛ଼ି । ଏହି ଅଭିଯାନ ଅନୁସାରେ ଦକ୍ଷିଣ ଭାରତୀୟ ରାଜ୍ୟ ଆନ୍ଧ୍ରପ୍ରଦେଶ, ତେଲେଙ୍ଗାନା, କର୍ଣ୍ଣାଟକ, କେରଳ ଓ ତାମିଲନାଡୁର ଜନସଂଖ୍ୟା ଅଧିକ ଭାବେ ହ୍ରାସ ପାଇଥିଲା । ଏପରିକି ଏସବୁ ରାଜ୍ୟରେ ପ୍ରଜନନ କମିଯାଇ ୧.୮ ପ୍ରତିଶତ ପାଖାପାଖି ପହ ୍ ଯାଇଥିଲା । ଅନ୍ୟ ପକ୍ଷରେ ଉ ର ପ୍ରଦେଶର ରାଜ୍ୟ ବିହାର ଓ ଉ ରପ୍ରଦେଶରେ ପ୍ରଜନନ ହାର କ୍ରମଶଃ ୩ ଓ ୨.୪ ପ୍ରତିଶତ ରହିଛି । ଏହାର ଅର୍ଥ ହେଉଛି ବିହାରରେ ପ୍ରତି ଦମ୍ପ ିଙ୍କର ୩ଟି ସ'ାନ ଏବଂ ଉ ରପ୍ରଦେଶର ପ୍ରତି ଦମ୍ପ ିଙ୍କର ୨ବା ୩ଟି ସ'ାନ ହୋଇଥାଏ । କିନ୍ତୁ ଦକ୍ଷିଣ ଭାରତର ରାଜ୍ୟରେ ଦମ୍ପ ି ମାନେ ଗୋଟିଏ ବା ଦୁଇଟି ସ'ାନରୁ ଅଧିକ ପାଇଁ ଆଗ୍ରହୀ ନୁହଁ । ରାଷ୍ଟ୍ରୀୟ ସ୍ତରରେ ଭାରତର ଲୋକଙ୍କ ପ୍ରଜନନ କ୍ଷମତା ୨.୧ ରହିଛି । ଯଦି ଏହି ହାର ଜାରିରହେ ତେବେ ୨୦୨୫ ବେଳକୁ ଭାରତରେ ବୟସ(ବୃଦ୍ଧି) ବା ଅବସର ଗ୍ରହଣ କରିଥିବା ବ୍ୟକ୍ତିଙ୍କ ସଂଖ୍ୟା ଅଧିକ ହୋଇଯିବ । ବୟସ୍କଙ୍କ ସଂଖ୍ୟା ବଢ଼ିଲେ ସରକାର ବୟସ୍କ ବ୍ୟକ୍ତିଙ୍କ ପାଇଁ ଅଧିକ ଯୋଜନା କରିବା ପାଇଁ ବାଧ୍ୟ ହେବେ ଫଳତଃ ସରକାର ଉପରେ ଆର୍ଥୀକ ବୋଝ ବଢ଼ିବ । ବୟସ୍କଙ୍କ ସଂଖ୍ୟା ବୃଦ୍ଧ କାରଣରୁ ଦେଶର ଆର୍ଥୀକ ପ୍ରଗତି ମଧ୍ୟ ଧିମେଇ ଯିବ । ଆନ୍ଧ୍ରପ୍ରଦେଶ ଓ ଦକ୍ଷିଣ ଭାରତର ଅନ୍ୟ ରାଜ୍ୟମାନଙ୍କର ସ୍ଥିତି ଅଧିକ ଖରାପ ହେବ । ଏହି ରାଜ୍ୟ ମାନଙ୍କରେ ଦେଶର ଅନ୍ୟ ରାଜ୍ୟ ତୁଳନାରେ ବୟସ୍କ ବ୍ୟକ୍ତିଙ୍କ ସଂଖ୍ୟା ଅଧିକ ହୋଇଯିବ । ପରିବାର ନିୟ'ୟଣର ଫଳ ଅଧିକ ଭାବେ ଦକ୍ଷିଣ ଭାରତର ରାଜ୍ୟ ମାନଙ୍କୁ ଭୋଗିବାକୁ ପଡିବ । ଚନ୍ଦ୍ରବାବୁ ନାଇଡୁଙ୍କୁ ଏହି ଚି'ା ଏବେ ଘାରିଛି । ଚନ୍ଦ୍ରବାବୁଙ୍କ ସହ ସ୍ୱରମିଳାଇ ତାମିଲନାଡୁର ମୁଖ୍ୟମନ୍ତ୍ରୀ ଏମ୍ କେ ଷ୍ଟାଲିନ୍ ମଧ୍ୟ ଜନସଂଖ୍ୟା ବୃଦ୍ଧିକୁ ସମର୍ଥନ କରିଛ଼ି ଏବଂ ତାଙ୍କ ରାଜ୍ୟର ଲୋକଙ୍କୁ ଅଧିକ ସ'ାନ ନୀତି ଆପଣେଇବା ପାଇଁ ନିବେଦନ କରିଛ଼ି । ଭବିଷ୍ୟତର ଭୟାବହ ଅବସ୍ଥାକୁ ଦେଖି ଆନ୍ଧ୍ର ଓ ତାମିଲନାଡୁର ମୁଖ୍ୟମନ୍ତ୍ରୀ ମାନେ ଏଭଳି ଦୁଇରୁ ଅଧିକ ସ'ାନ ପାଇଁ ଦମ୍ପ ି ମାନଙ୍କୁ ନିବେଦନ କରିଥିବା ଭଳି ମନେ ହେଉଛି । ୨୦୨୬ରେ ଲୋକସଭା ନିର୍ବାଚନ ମଣ୍ଡଳୀ କ୍ଷେତ୍ରର ପୁନଃ ନିର୍ଦ୍ଧାରଣ ହେବ । ଏହି ପୁନଃ ନିର୍ଦ୍ଧାରଣ ବେଳେ ଜନସଂଖ୍ୟା ଅନୁସାରେ ଲୋକସଭା ନିର୍ବାଚନ ମଣ୍ଡଳୀର ସଂଖ୍ୟା ନିର୍ଦ୍ଧାରଣ କରାଯିବ । ଏହି ଫର୍ମୁଲା ଅନୁସାରେ ଉ ର ପ୍ରଦେଶର ଜନସଂଖ୍ୟାକୁ ଦେଖିଲେ ସ୍ପଷ୍ଟ ଯେ ଉ ର ପ୍ରଦେଶର ଲୋକସଭା ଶାସନ ସଂଖ୍ୟା ୮୦ରୁ ବୃଦ୍ଧିପାଇ ୧୨୦ ହୋଇପାରେ । ଆନ୍ଧ୍ରପ୍ରଦେଶ ଏବଂ ତେଲେଙ୍ଗାନାକୁ ମିଶାଇଲେ ବ ର୍ମାନ ଏ ଦୁଇ ରାଜ୍ୟର ଆସନ ସଂଖ୍ୟା ୪୨ ଓ ୨୦୨୬ରେ ହେବାକୁ ଥିବା ପୁନଃ ନିର୍ଦ୍ଧାରଣରେ ଏହି ଦୁଇ ରାଜ୍ୟର ଲୋକସଭା ଆସନ ସଂଖ୍ୟା ୪୨ରୁ ୪୬ ହୋଇପାରେ । ଅର୍ଥାତ୍ ଦୁଇ ରାଜ୍ୟର ଲୋକସଭା ଆସନ ସଂଖ୍ୟା ମାତ୍ର ୪ ବଢ଼ିବାର ସମ୍ଭାବନା ରହିଛି । ଏଥିରୁ ସ୍ପଷ୍ଟ ଯେ ଜନସଂଖ୍ୟା କମିଲେ ଲୋକସଭା ଆସନ ସଂଖ୍ୟା କମିବ । କମ୍ ଜନସଂଖ୍ୟା ଥିବା ରାଜ୍ୟକୁ ମଧ୍ୟ କେନ୍ଦ୍ର ସରକାରଙ୍କ ଅନୁଦାନ କମ୍ ରହିବ । କାରଣ କେନ୍ଦ୍ର ସରକାର ଯେଉଁ ଆର୍ଥୀକ ଅନୁଦାନ ରାଜ୍ୟ ମାନଙ୍କୁ ଦେଇଥା଼ି ତାହା ଜନସଂଖ୍ୟା ଅନୁପାତରେ ଆକଳନ କରାଯାଇଥାଏ । ଏବେ କେନ୍ଦ୍ରସରକାର ଉ ର ପ୍ରଦେଶକୁ ୧୮ ପ୍ରତିଶତ ପାଖାପାଖି ରାଜସ୍ୱ ଆବ ନ କରୁଥିବା ବେଳେ ବିହାରକୁ ପାଖାପାଖି ୧୦ ପ୍ରତିଶତ ପ୍ରଦାନ କରିଥା଼ି । କି'ୁ ଦକ୍ଷିଣ ଭାରତର ରାଜ୍ୟ ମାନଙ୍କୁ ମାତ୍ର ୪ପ୍ରତିଶତ ମିଳିଥାଏ । ଏ ସବୁକୁ ଦୃଷ୍ଟିରେ ରଖି ବିଶେଷ କରି ୨୫ ବର୍ଷ ଆଗକୁ କ'ଣ ହେବ ସେକଥାକୁ ଚି'ା କରି ଚନ୍ଦ୍ରବାବୁ ନାଇଡୁ ଜନସଂଖ୍ୟା ବୃଦ୍ଧି ଉପରେ ଗୁରୁତ୍ୱ ଦେଇଛ଼ି । ଯଦି ଭାରତର ସବୁ ରାଜ୍ୟମାନେ ଚନ୍ଦ୍ରବାବୁ ନାଇଡୁଙ୍କ ଭଳି ଭାବିବେ ତେବେ ଭାରତରେ ଜନସଂଖ୍ୟା କେତେ ହେବ ଓ କେଉଁ ପର୍ଯ୍ୟ' ଯିବ ସେ କଥା କହିବା ମୁସ୍କିଲ ହୋଇଯିବ । ବ ର୍ମାନ ଏବେ ଭାରତର ଜନସଂଖ୍ୟା ୧୪୦ କୋଟିରୁ ଅଧିକ, ଏତେ ଜନସଂଖ୍ୟା ସତ୍ତ୍ୱେ ଲୋକଙ୍କୁ ଭରଣ ପୋଷଣ କରିବାର କ୍ଷମତା ସରକାରଙ୍କର ରହିଛି । ଏବେ ଭାରତ ସରକାର ୮୦ କୋଟି ଲୋକଙ୍କୁ ମାଗଣାରେ ଖାଦ୍ୟ ସାମଗ୍ରୀ (ଋଉଳ-ଗହମ) ଯୋଗାଉଛ଼ି । ୫୦ ବର୍ଷ ପୁର୍ବରୁ ଏକଥାକୁ କେହି କଳ୍ପନା କରିପାରିନଥିବେ ନିଶ୍ଚୟ । ଭାରତ ମଧ୍ୟ ଦେଖିଛି ଯେ ୧୯୬୫ରେ ଭାରତ ପାକିସ୍ଥାପ ଯୁଦ୍ଧ ସମୟରେ ଭାରତର ତତ୍କାଳୀନ ପ୍ରଧାନମନ୍ତ୍ରୀ ଲାଲବାହାଦୁର ଶାସ୍ତ୍ରୀ ସପ୍ତାହରେ ଗୋଟିଏ ବେଳା ଉପବାସ ରହିବା ପାଇଁ ଦେଶର ଲୋକଙ୍କୁ ନିବେଦନ କରିଥିଲେ । ସେ ସମୟରେ ଭାରତର ଜନସଂଖ୍ୟା ପାଖାପାଖି ୫୦ କୋଟି ଥିଲା । ସେତେବେଳେ ଦେଶରେ ଏତେ ଉତ୍ପାଦନ ମଧ୍ୟ ହୋଇପାରୁନଥିଲା ଯାହା ୫୦କୋଟି ଲୋକଙ୍କ ପାଇଁ ଯଥେଷ୍ଟ ଥିଲା । ସେତେବେଳେ ଭାରତ ଆମେରିକାରୁ ଗହମ ଆମଦାନୀ କରୁଥିଲା । କି'ୁ ସେତେବେଳେର ଅବସ୍ଥା ଓ ବ ର୍ମାନର ଅବସ୍ଥା ମଧ୍ୟରେ ଅନେକ ଫରକ୍ ରହିଛି । ଏବେ କୃଷି ଉତ୍ପାଦନ ବଢ଼ିଛି ଓ ଦେଶର ଲୋକଙ୍କ ଖାଦ୍ୟ ସମସ୍ୟାର ସମାଧାନ ପରେ ଭାରତ ଅନ୍ୟ ଦେଶକୁ ଖାଦ୍ୟଷଶ୍ୟ ରପ୍ତାନୀ କରିବା ସ୍ଥିତିରେ ପହ ୍ଛି । ଆମ ଦେଶର ରାଜନେତା ମାନଙ୍କ ଦୁରଦୃଷ୍ଟି କାରଣରୁ ଭାରତର ସ୍ଥିତି ବଦଳିଛି ଓ କୃଷି କ୍ଷେତ୍ରରେ ଭାରତ ଆତ୍ମ ନିର୍ଭର ହୋଇ ପାରିଛି । ଆଜିର ଭାରତକୁ ଯୁବ ଭାରତ ବୋଲି ମଧ୍ୟ କୁହାଯାଉଛି । ଭାରତର ଯୁବବର୍ଗଙ୍କ ଜ୍ଞାନ ସାମର୍ଥ୍ୟକୁ ସାରାବିଶ୍ୱ ସ୍ୱୀକାର କରୁଛି । କମ୍ପ୍ୟୁଟର ସଫ୍ଟୱେୟାର କ୍ଷେତ୍ରରେ ଭାରତର ଯୁବବର୍ଗଙ୍କ ଦକ୍ଷତା କାରଣରୁ ସାରା ବିଶ୍ୱରେ ଏମାନେ ନିଜର ସ୍ଥିତି ଜାହିର କରିପାରିଛ଼ି । ଟେକ୍ନୋଲୋଜିର ଏହି ଯୁଗରେ ଭାରତୀୟ ଯୁବାପିଢ଼ୀ ବିଶ୍ୱର ଅନେକ ସଫ୍ଟୱେୟାର କମ୍ପାନୀରେ ଉଚ୍ଚ ପଦ ପଦବୀରେ ଅଧିଷ୍ଠିତ ହୋଇଛ଼ି । ଏଣୁ ୨୫ ବର୍ଷ ଆଗକୁ ଚି'ାକରି ଏବେ ନିଷ୍ପ ି ନେବା ବୁଦ୍ଧିମ । ପୁର୍ଣ୍ଣ କାର୍ଯ୍ୟ ବୋଲି କୁହାଯାଇପାରେ । କି'ୁ ଏସବୁ ପରେ ଏକଥା ମଧ୍ୟ ଚି'ା କରାଯିବା ଉଚିତ୍ ଯେ ବର୍ଦ୍ଧିତ ଜନସଂଖ୍ୟାର ଭରଣ-ପୋଷଣ ପାଇଁ ଏବେଠାରୁ ମଧ୍ୟ ଚି'ା କରାଯିବା ଆବଶ୍ୟକ । ୧୯୫୦ରେ ଭାରତର ପ୍ରଜନନ ହାର ୬ ପ୍ରତିଶତ ଥିଲା କି'ୁ ଏହା ୨.୧ ପ୍ରତିଶତ ରହିଛି । ଭାରତରେ ବେରୋଜଗାରୀ ହାର ମଧ୍ୟ ଅଧିକ । ରୋଜଗାର ଉପଲବ୍ଧ କରାଇବାରେ ମଧ୍ୟ ସରକାର ଅସମର୍ଥ । ୨୫ ବର୍ଷ ପରେ କ'ଣ ହେବ ସେକଥାକୁ କଳ୍ପନା କରି ଭବିଷ୍ୟତରେ ଭାରତର ସ୍ଥିତିକୁ ମଧ୍ୟ ଚି'ା କରାଯିବା ଉଚିତ୍ । କାରଣ ଜନସଂଖ୍ୟା ହାର ଯଦି ୨.୧ ରହିବ ତେବେ ୨୦୫୦ ସୁଦ୍ଧା ଭାରତରେ ବୟସ୍କ ବ୍ୟକ୍ତି ମାନଙ୍କ ସଂଖ୍ୟା ଏବଂ ଯୁବ ବର୍ଗଙ୍କ ସଂଖ୍ୟା ପ୍ରାୟତଃ ସମାନ ହୋଇଯିବ ।

ଏଣୁ ଆମେ ଶ୍ରୀ ନାଇଡୁଙ୍କ ବିଋରକୁ ଠିକ୍ ଭାବରେ ପରଖିବା ସହ ଏ ବାବଦରେ ବିଚାର କରିବା ଉଚିତ୍ । ଦକ୍ଷିଣ ଭାରତର ରାଜ୍ୟ ମାନଙ୍କରେ ଯେଭଳି ଭାବେ ଜନସଂଖ୍ୟା ହ୍ରାସ ପାଇବାରେ ଲାଗିଛି ସେହିସ୍ଥିତି ଉ ର ଭାରତରେ ନାହିଁ । ଏଣୁ ଉ ର ଭାରତର ରାଜ୍ୟ ମାନଙ୍କରେ ଜନସଂଖ୍ୟା ନିୟନ୍ତ୍ରଣ ଅଭିଯାନକୁ କଡ଼ାକଡି କରାଯିବା ଉଚିତ୍ । ଅନ୍ୟ ପକ୍ଷରେ ବିହାର, ଉ ର ପ୍ରଦେଶ ଅଥବା ମଧ୍ୟପ୍ରଦେଶର ତୁଳନା ତାମିଲନାଡୁ ସହ କରାଯାଇ ପାରିବ ନାହିଁ କାରଣ ବିହାର, ପୂର୍ବ ଉ ରପ୍ରଦେଶ ଏବଂ ପଶ୍ଚିମବଂଗର ଲୋକେ ଜୀବୀକାର୍ଜନ ପାଇଁ ଦକ୍ଷିଣ ଭାରତର ରାଜ୍ୟ ମାନଙ୍କୁ ଆସୁଛ଼ି । ଏଣୁ ରାଷ୍ଟ୍ରୀୟ ସ୍ତରରେ ସାମସ୍ୟ ରଖି ଏ ପ୍ରସଙ୍ଗରେ ନିଷ୍ପ ି ନେବା ମଧ୍ୟ ଆବଶ୍ୟକ । ଏକଥା ସତ୍ୟ ଯେ ଶିକ୍ଷା ମାମଲାରେ ଦକ୍ଷିଣ ଭାରତର ରାଜ୍ୟ ମାନଙ୍କର ଅବସ୍ଥା ଉ ର ଭାରତର ରାଜ୍ୟ ଅପେକ୍ଷା ଉ ମ ଅଟେ । ଜନସଂଖ୍ୟା ନିୟନ୍ତ୍ରଣର ସିଧା ସମ୍ପର୍କ ଶିକ୍ଷା ସହ ଯୋଡି ହୋଇଛି । ଏଣୁ କେରଳକୁ ବିହାର ସହ ତୁଳନା କରାଯାଇ ପାରିବ ନାହିଁ । କେରଳରେ ସାକ୍ଷରତା ହାର ଶତ ପ୍ରତିଶତ ପାଖାପାଖି । ସବୁଠାରୁ ଏକ ବଡ଼ କଥା ହେଉଛି ଭାରତରେ ମୁସଲିମ ପରିବାରରେ ଏବେ ପ୍ରଜନନ ହାର ହିନ୍ଦୁ ପରିବାରର ପ୍ରଜନନ ହାର ସହ ସମାନ ସ୍ତରରେ ପହ ୍ଛି, ଏସବୁ ଶିକ୍ଷାର ପ୍ରସାର କାରଣରୁ ସମ୍ଭବ ହୋଇଛି ।

*ରାମଚନ୍ଦ୍ରପୁର, ରଣପୁର*
*ମୋ: ୯୪୩୮୪୮୫୦୯୪*




# ଆର୍.ଆର୍.ଟି.ସି ପକ୍ଷରୁ ବିଶ୍ୱ ବରିଷ୍ଠ ନାଗରିକ ଦିବସ ପାଳନ ଅବସରରେ ଆଠ ଦିନିଆ ୱେବିନାର ବୟୋଜ୍ୟେଷ୍ଠ ବ୍ୟକ୍ତିଙ୍କ ଦ୍ୱାରା ଉଦ୍‌ଘାଟିତ

ଭୁବନେଶ୍ୱର(ପିଏନ)- ଆଜି ଏନ୍.ଆର୍.ସି.ଡବ୍ଲ୍ୟୁ.ଡି ଦ୍ୱାରା ପରିଚାଳିତ ଆର୍.ଆର୍.ଟି.ସି ତରଫରୁ ସାମାଜିକ ନ୍ୟାୟ ଓ ଅଧିକାରିତା ମନ୍ତ୍ରାଳୟ, ଭାରତ ସରକାରଙ୍କ ସହଯୋଗରେ ଭୁବନେଶ୍ୱରସ୍ଥ ଆର୍.ଆର୍.ଟି.ସି ସଭାଗୃହରେ ବିଶ୍ୱ ବରିଷ୍ଠ ନାଗରିକ ଦିବସ ପାଳନ ଅବସରରେ ପଦ୍ମଶ୍ରୀ ଡକ୍ଟର ପ୍ରଫୁଲ୍ଲ କୁମାର ଜେନା ଓ ଡକ୍ଟର ସେବା ମହାପାତ୍ରଙ୍କ ଦ୍ୱାରା ଆନୁଷ୍ଠାନିକ ଭାବେ ଗୁଗୁଲ୍ ମିଟ୍ ଜରିଆରେ ଆଠଦିନିଆ ୱେବିନାର୍ ଶୁଭ ଉଦ୍‌ଘାଟିତ ହୋଇଯାଇଛି । ଉକ୍ତ ୱେବିନାର୍‌ରେ ଅନ୍ୟୁନ ୪୦ରୁ ୫୦ ଲୋକ ଯଥା ବ୍ୟୋଜ୍ୟେଷ୍ଠ ବ୍ୟକ୍ତି, ସ୍ୱେଚ୍ଛାସେବୀ ସଙ୍ଗଠନର କର୍ମକର୍ତ୍ତା, ବରିଷ୍ଠ ନାଗରିକ ବାସସ୍ଥାନର ଅନ୍ତେବାସୀଗଣ, ସାମାଜିକ କର୍ମୀ, ଗଣମାଧ୍ୟମ ପ୍ରତିନିଧିବୃନ୍ଦ, ସରକାରୀ କର୍ମଚାରୀ ବୃନ୍ଦ, ସ୍ୱେଚ୍ଛାସେବୀମାନେ ଅଂଶଗ୍ରହଣ କରିଥିଲେ । ଆୟୋଜିତ ହୋଇଥିବା ଏହି ୱେବିନାର୍‌ରେ ମୁଖ୍ୟ ଅତିଥି ଭାବେ ପଦ୍ମଶ୍ରୀ ଡଃ ପ୍ରଫୁଲ୍ଲ କୁମାର ଜେନା ଯୋଗଦାନ କରିଥିବା ବେଳେ ଡକ୍ଟର ସେବା ମହାପାତ୍ର ମୁଖ୍ୟବକ୍ତା ଭାବେ ଯୋଗ ଦେଇଥିଲେ । ଏହି ଅବସରରେ ଡକ୍ଟର ଜେନା କହିଲେ ଯେ, ସେ ୯୦ ବର୍ଷରେ ପହଂଚିଥିଲେ ମଧ୍ୟ ଏବେ ବୈଦିକ ଓ ଦୈନିକ କାର୍ଯ୍ୟକ୍ରମରେ ନିଜର ଅଭ୍ୟାସ ଅବ୍ୟାହତ ରଖିଛନ୍ତି । ଏତଦ୍ ବ୍ୟତୀତ ସେ ଗୁରୁତ୍ୱର ସହ କହିଥିଲେ ଯେ, ବରିଷ୍ଠ ନାଗରିକଙ୍କର ଅଭିଜ୍ଞତାକୁ ପାଥେୟ କରି ସାମାଜିକ ସେବା, ଜ୍ଞାନକୌଶଳର ବିକାଶ, ସ୍ୱାସ୍ଥ୍ୟସେବା, ଶିକ୍ଷାପ୍ରଦାନ, ବୃକ୍ଷରୋପଣ ଆଦି କାର୍ଯ୍ୟରେ ନିୟୋଜିତ କରାଯିବା ଉଚିତ୍ । ୬୦ବର୍ଷରେ ଅବସର ଗ୍ରହଣ କଲେ ମଧ୍ୟ ବହୁ ବରିଷ୍ଠ କର୍ମଚାରୀ ଆଗକୁ କାମ କରିବାର ଦକ୍ଷତା ଥିବାଯୋଗୁଁ ସେମାନଙ୍କୁ ବିଭିନ୍ନ କାର୍ଯ୍ୟରେ ନିୟୋଜିତ କରିବା ଉଚିତ୍ । ଠିକ୍ ସେହିପରି ଡକ୍ଟର ମହାପାତ୍ର ଅବଗତ କରାଇଥିଲେ ଯେ, ସମଗ୍ର ବିଶ୍ୱରେ ୨୦୫୦ମସିହା ସୁଦ୍ଧା







ବରିଷ୍ଠନାଗରିକଙ୍କ ସଂଖ୍ୟା ୧୫୦କୋଟିରେ ପହଂଚିବ । ଏପରି ଆକଳନରୁ ଜଣାଯାଉଛି ଯେ, ୨୦୫୦ମସିହା ବେଳକୁ ବରିଷ୍ଠନାଗରିକଙ୍କ ସଂଖ୍ୟା ଭାରତବର୍ଷରେ ମୋଟ୍ ଜନସଂଖ୍ୟାର ଶତକଡା ୨୦ପ୍ରତିଶତ ବୃଦ୍ଧି ପାଇବ । ଏହାଛଡା କୋଭିଡ୍ ମହାମାରୀ ସମୟରେ ବରିଷ୍ଠ ନାଗରିକମାନଙ୍କର ଯଥେଷ୍ଟ ସ୍ୱାସ୍ଥ୍ୟର ଯତ୍ନର ଆବଶ୍ୟକତା ରହିଛି ବୋଲି ସେ ଗୁରୁତ୍ୱାରୋପ କରିଥିଲେ । ଏଠାରେ ପ୍ରକାଶ ଯୋଗ୍ୟ ଯେ, ଭାରତ ସରକାରଙ୍କ ସାମାଜିକ ନ୍ୟାୟ ଓ ଅଧିକାରିତା ମନ୍ତ୍ରାଳୟର ଅତିରିକ୍ତ ସଚିବ ଶ୍ରୀମତୀ ଉପମା ଶ୍ରୀବାସ୍ତବ ସମ୍ମାନୀତ ଅତିଥିଭାବେ ଯୋଗ ହେବାର କାର୍ଯ୍ୟକ୍ରମ ଥିଲା ମାତ୍ର କିଛି ଯାନ୍ତ୍ରିକ ତୃଟି ଯୋଗୁଁ ସେ ଆଜିର କାର୍ଯ୍ୟକ୍ରମରେ ଯୋଗ ଦେଇ ପାରି ନ ଥିଲେ କିନ୍ତୁ ଆସନ୍ତା କାଲିର କାର୍ଯ୍ୟକ୍ରମରେ ସେ ଯୋଗ ଦେବେ ବୋଲି ନିର୍ଭର ପରତିଶୃତି ଦେଇଛନ୍ତି । ଏହି ୱେବିନାର୍ ଦୀର୍ଘ ଆଠ ଦିନ ଧରି ପ୍ରତ୍ୟହ ପୂର୍ବାହ୍ନ ୧୧ଟାରୁ ଦିବା ୧ଘଟିକା ପର୍ଯ୍ୟନ୍ତ ଗୁଗୁଲ୍ ମିଟ୍ ଜରିଆରେ ବରିଷ୍ଠ ନାଗରିକଙ୍କ ବିଭିନ୍ନ ମୁଦ୍ଦାକୁ ନେଇ ଅଭିଜ୍ଞ ରିସୋର୍ସ ପର୍ସନମାନଙ୍କ ଦ୍ୱାରା ଆଲୋଚନା କରାଯିବ । ଏହି ଆଲୋଚନାରେ ଭାଗ ନେବାକୁ ଚାହୁଁଥିବା ବ୍ୟକ୍ତିମାନେ ନିମ୍ନୋକ୍ତ ଲିଙ୍କ୍‌ରେ ଯୋଗ ଦେବାକୁ ଅନୁରୋଧ । ଲିଙ୍କ୍‌ଟି ହେଉଛି- https://meet.google.com/mfz-zcin-vpg । ଏହି କାର୍ଯ୍ୟକ୍ରମକୁ ବରିଷ୍ଠ ସାମ୍ବାଦିକ ତଥା ସ୍ତମ୍ଭକାର ଶ୍ରୀଯୁକ୍ତ ନାଗେଶ୍ୱର ପଟ୍ଟନାୟକ ସଂଚାଳନ କରିଥିଲେ ଓ ଆଶା ପ୍ରକାଶ କରି କହିଥିଲେ ଯେ, ଭାରତ ସରକାର ଆଣୁଥିବା ନୂତନ ନାଗରିକ ନୀତି ନିଶ୍ଚୟ ପ୍ରଗତିଶୀଳ ହେବ । ଏହି ୱେବିନାର୍‌ରେ ଆଲୋଚିତ ହେବାକୁ ଥିବା ବିଷୟବସ୍ତୁ ଗୁଡିକୁ ଆଗାମୀ ସାତ ଦିନରେ ବରିଷ୍ଠ ଆଇନଜିବୀ ସଂଜିବ୍ ରାଉତ, ସିଦ୍ଧାର୍ଥ ଦାସ, ହେଲପ୍ ଏଜ୍ ଇଣ୍ଡିଆର ରାଜ୍ୟ ମୁଖ୍ୟ ଶ୍ରୀମତୀ ଭାରତୀ ଚକ୍ର, ବିଶିଷ୍ଟ ମନୋତତ୍ୱବିଦ୍ ଡକ୍ଟର ପ୍ରକାଶ ରଥ, ଡକ୍ଟର ଅରବିନ୍ଦ ମହାନ୍ତି, ଡକ୍ଟର ହରିଶ୍ ଚୌଧୁରୀ, ଡକ୍ଟର ଅମ୍ରିତ୍ ପଟ୍ଟଯୋଶୀ, ଡକ୍ଟର ବିଶ୍ୱଭୂଷଣ ପ୍ରଧାନ, ଡକ୍ଟର ଅମ୍ଲାନ୍ ମାଇତି, ଡକ୍ଟର ଝରଣା ସ୍ୱାଇଁ, ବରିଷ୍ଠ ରାଜନୀତି ବିଜ୍ଞାନୀ ତଥା ପ୍ରଫେସର୍ ସୂର୍ଯ୍ୟନାରାୟଣ ମିଶ୍ର, ଅବସରପ୍ରାପ୍ତ ଆଇ.ଏ.ଏସ୍ ଅଫିସର୍ ଶ୍ରୀ ଯୁଗଳ କିଶୋର ମହାପାତ୍ର ଓ ଶ୍ରୀ ବିବେକ ପଟ୍ଟନାୟକ , ବରିଷ୍ଠ ସମାଜସେବୀ ଇମ୍ରାନ୍ ଅଲ୍ଲୀ ଓ ଶ୍ରୀମତୀ ଗୀତା ପ୍ରହରାଜ ପ୍ରମୁଖ ରିସୋର୍ସ ପର୍ସନ ଭାବେ ଆଲୋଚନାରେ ଅଂଶଗ୍ରହଣ କରି ଅତି ପ୍ରାଞ୍ଜଳ ଭାବେ ବିଷୟଗୁଡିକୁ ଅଂଶଗ୍ରହଣକାରୀଙ୍କ ସମ୍ମୁଖରେ ଉପସ୍ଥାପନ କରିବେ ବୋଲି ନିର୍ଭର ପ୍ରତିଶୃତି ଦେଇଛନ୍ତି । ଏହି ୱେବିନାର୍‌ରେ ଅଧିକ ସଂଖ୍ୟାରେ ଭାଗ ନେଇ ୱେବିନାର୍‌କୁ ସଫଳ କରିବାକୁ ଆୟୋଜକ ଆଶା ପ୍ରକାଶ କରିଛନ୍ତି । ଶେଷରେ ଏନ୍.ଆର୍.ସି ଡବ୍ଲ୍ୟୁ.ଡିର ସମ୍ପାଦକ ଶ୍ରୀଯୁକ୍ତ ସୁକାନ୍ତ ପରିଡା ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିବା ବେଳେ ଆର୍.ଆର୍.ଟି.ସିର ପ୍ରକଳ୍ପ ସଂଯୋଜିକା ବାସନ୍ତୀ ବେହେରା ୱେବିନାର୍‌କୁ ସୁଚାରୁରୂପେ ପରିଚାଳନା କରିଥିଲେ ।

## ପୁରୀ-ଅହମ୍ମଦାବାଦ ସ୍ପେଶାଲ ଶ୍ରମିକ ଟ୍ରେନ୍ ରେ ବ୍ରହ୍ମପୁରରୁ ସୁରତ ଯାତ୍ରା କଲେ ୧୪୩୯ ଯାତ୍ରୀ

ଗଞ୍ଜାମ, (ପିଏନ)- ପୁରୀ-ଅହମ୍ମଦାବାଦ ସ୍ପେଶାଲ ଶ୍ରମିକ ଟ୍ରେନ୍ ଗତକାଲି ରାତି ୮ଟା ରେ ବ୍ରହ୍ମପୁର ଷ୍ଟେସନରେ ପହଂଚିଥିଲା । ପୂର୍ବରୁ ଟ୍ରେନ୍ କୁ ଅପେକ୍ଷା କରିଥିବା ଶହସ୍ରାଧିକ ଯାତ୍ରୀ ଟ୍ରେନ୍ ରେ ଚଢ଼ିଥିଲେ । ମୁଖ୍ୟତଃ ସୁରତ ଯିବାକୁ ଚାହୁଁଥିବା ପ୍ରବାସୀ ଶ୍ରମିକ ମାନେ ମହିଳା ଓ ପିଲାଛୁଆଙ୍କ ସହିତ ସଂରକ୍ଷିତ ଟିକେଟ୍ କରି ଟ୍ରେନ୍ ରେ ଚଢ଼ିଥିଲେ । ବ୍ରହ୍ମପୁର ଷ୍ଟେସନ ମ୍ୟାନେଜର ଦୂର୍ଗାପ୍ରସାଦ ବ୍ରହ୍ମାଙ୍କ ସୂଚନା ମୁତାବକ ମୋଟ୍ ୧୪୩୯ ଯାତ୍ରୀ ଏହି ଟ୍ରେନ୍ ରେ ବ୍ରହ୍ମପୁର ଷ୍ଟେସନରୁ ଯାତ୍ରା କରିଛନ୍ତି । ଥର୍ମାଲ୍ ସ୍କ୍ରିନିଂ, ସାମାଜିକ ଦୂରତା, ମାସ୍କ ପରିଧାନ, ବିଶୋଧନ ଆଦି ପ୍ରତି ବିଶେଷ ଧ୍ୟାନ ରଖାଯାଇଛି ବୋଲି କହିଛନ୍ତି ଷ୍ଟେସନ୍ ମ୍ୟାନେଜର । ଦୀର୍ଘ ୪ ମାସ ପରେ ଏହି ପ୍ରବାସୀ ଶ୍ରମିକମାନେ ପୁଣି ଥରେ କର୍ମସଂସ୍ଥାନ ପାଇଁ ଗୁଜୁରାଟ ତଥା ସୁରତ ଅଭିମୁଖେ ଯାତ୍ରା କରୁଥିବାରୁ ଗଞ୍ଜାମ ଜିଲ୍ଲା ବିଜେପି ପକ୍ଷରୁ ଯାତ୍ରୀ ମାନଙ୍କୁ ଶୁଭକାମନା ଜ୍ଞାପନ କରାଯାଇଥିଲା ।

## ବିଶିଷ୍ଟ କର୍ମଚାରୀ ନେତା ଅକ୍ଷୟ ମହାକୁଡ଼ଙ୍କ ପଂଚମ ବାର୍ଷିକ ଶ୍ରାଦ୍ଧୋତ୍ସବ ପାଳିତ

ଭୁବନେଶ୍ୱର, (ପିଏନ)- ଓଡ଼ିଶା ସଚିବାଳୟ ଅମଲାସଂଘ, ଓଡ଼ିଶା ସଚିବାଳୟ ସେବାସଂଘର ପୂର୍ବତନ ସାଧାରଣ ସମ୍ପାଦକ, ସଚିବାଳୟ କର୍ମଚାରୀ ମହାସଂଘର ମହାସଚିବ, ଓଡ଼ିଶା ଶିକ୍ଷକ କର୍ମଚାରୀ ମିଳିତମଂଚର ସଂଯୋଜକ ଏବଂ ଡିଏଭି ପବ୍ଲିକ୍ ସ୍କୁଲ୍ ଅଭିଭାବକ ଆନ୍ଦୋଳନର କର୍ଣ୍ଣଧାର, ନିର୍ଭୀକ ଲଢୁଆ କର୍ମଚାରୀ ନେତା ସ୍ୱର୍ଗତ ଅକ୍ଷୟ କୁମାର ମହାକୁଡଙ୍କ ପଂଚମ ବାର୍ଷିକୀ ଶ୍ରାଦ୍ଧୋତ୍ସବ ଭୁବନେଶ୍ୱର ଓସା ହାଉସ୍‌ରେ ଚିତରଂଜନ ହୋତାଙ୍କ ଅଧ୍ୟକ୍ଷତାରେ ସାମାଜିକ ଦୂରତା ଅବଲମ୍ବନ କରାଯାଇ ଆଜି ମଧ୍ୟାହ୍ନରେ ପାଳିତ ହୋଇଯାଇଅଛି । ଏହି ଅବସରରେ ଓଡ଼ିଶା ସଚିବାଳୟ ସେବାସଂଘ ସାଧାରଣ ସମ୍ପାଦକ ବିବେକାନନ୍ଦ ସାମଲ, କର୍ମଚାରୀ ସଙ୍ଗଠକ ସୁବାସ ଷଡ଼ଙ୍ଗୀ, ଗିରିଜା ଶଙ୍କର ଦାସ, ମନୋରଞ୍ଜନ ଦାସ, ପ୍ରଶାନ୍ତ ନାୟକ, ବିଚିତ୍ରାନନ୍ଦ ଦାସ, ଶ୍ରୀକାନ୍ତ ରାଉତ, ପ୍ରଦୀପ୍ତ ସାମନ୍ତରାୟ, ମନୋରଞ୍ଜନ ମଲ୍ଲିକ, ସନ୍ତୋଷ ଦାଶ, ଅଭୟ ମହାନ୍ତି, ରାମ ମହାନ୍ତି, ଲକ୍ଷ୍ମୀଧର ବେହେରା ପ୍ରମୁଖ ସ୍ୱର୍ଗତ ମହାକୁଡଙ୍କ ତୈଳଚିତ୍ରରେ ପୁଷ୍ପମାଲ୍ୟ ପ୍ରଦାନ ସହ ଦୀପଦାନ କରିଥିଲେ । ଦୁଇ ମିନିଟ୍ ନିରବ ପ୍ରାର୍ଥନା ମାଧ୍ୟମରେ ସ୍ୱର୍ଗତ ନେତାଙ୍କୁ ଶ୍ରଦ୍ଧାଞ୍ଜଳି ଅର୍ପଣ କରିବା ସହିତ ତାଙ୍କ ସଂଗ୍ରାମ, ତ୍ୟାଗ ନୂତନ କର୍ମଚାରୀମାନଙ୍କୁ ଦିଗ୍‌ଦର୍ଶନ ଦେବ ବୋଲି ମତବ୍ୟକ୍ତ କରିଥିଲେ ।

### ୨ବର୍ଷର ଝିଅ ଦେହରେ ୨୮ ଥର ବ୍ୟାଣ୍ଡେଜ ଘଟଣା

## ଚିକିତ୍ସା ପାଇଁ ପ୍ରଶାସନର ପ୍ରସ୍ତୁତି ଆରମ୍ଭ

କନ୍ଧମାଳ,(ପିଏନ)- ଦାରିଙ୍ଗବାଡ଼ି ବ୍ଲକ ହାତୀମୁଣ୍ଡା ପଂଚାୟତ ଅର୍ନ୍ତଗତ ଡାହୁ ଗ୍ରାମର ୨ବର୍ଷର ଝିଅ ସାଲୁନିକା ପ୍ରଧାନ । ଜନ୍ମ ହେବାର ୧୩ଦିନ ପର ଠାରୁ ଝିଅକୁ କେହି ଧରିଲେ ଦେହର ହାଡ଼ଗୁଡ଼ିକ ଭାଙ୍ଗିଯାଉଛି । ସେଥିପାଇଁ ୨ବର୍ଷର ଝିଅର ହାତ, ଗୋଡ଼ ସମେତ ଶରୀରର ବିଭିନ୍ନ ଅଙ୍ଗରେ ୨୮ଟି ବ୍ୟଣ୍ଡେଜ୍ ପଡ଼ିଛି । ଏନେଇ ବିଭିନ୍ନ ଗଣମାଧ୍ୟମରେ ଖବର ପ୍ରକାଶ ପାଇବା ପରେ ସାଲୁନିକାର ସମସ୍ତ ଚିକିତ୍ସା ମାଗଣାରେ କରିବା ପାଇଁ କଟକ ଜିଲ୍ଲା ଓଲଟପୁର ସ୍ଥିତ ସ୍ୱାମୀ ବିବେକାନନ୍ଦ ଜାତୀୟ ପୁର୍ନବାସ ପ୍ରଶିକ୍ଷଣ ଓ ଅନୁସନ୍ଧାନ ସଂସ୍ଥା(ନିରତାର୍) ନିଜ ତରଫରୁ ଏନେଇ କନ୍ଧମାଳ ଜିଲ୍ଲା ପ୍ରଶାସନକୁ ଚିଠି ଲେଖିଛନ୍ତି । ନିରତାର୍‌ର ନିର୍ଦ୍ଦେଶକ ଡାକ୍ତର ଶକ୍ତି ପ୍ରସାଦ ଦାସ ସାଲୁନିକାର ଏଭଳି ବିରଳ ରୋଗ ସମ୍ପର୍କରେ ଗଣମାଧ୍ୟମରୁ ଜାଣିବା ପରେ ସଂସ୍ଥାର ବୈଷୟିକ ନିର୍ଦ୍ଦେଶକ କିଶୋର ଚନ୍ଦ୍ର ମହାପାତ୍ରଙ୍କ ସହିତ ଆଲୋଚନାକରିଥିଲେ । ଏହାପରେ ସେ ଫୁଲବାଣୀ ଜିଲ୍ଲା ଭିନ୍ନକ୍ଷମ ଥଇଥାନ କେନ୍ଦ୍ର(ଡିଡିଆରସି)ର ଅଧିକ୍ଷକ ଅକ୍ଷୟ କୁମାର ପଣ୍ଡାଙ୍କ ସହିତ ଯୋଗାଯୋଗ କରି ସାଲୁନିକାକୁ ଓଲଟପୁରକୁ ପଠାଇବାର ବ୍ୟବସ୍ଥା କରିବାକୁ ଅନୁରୋଧ କରିଥିଲେ । ପରେ ସେ କନ୍ଧମାଳ ଜିଲ୍ଲାପାଳଙ୍କୁ ମଧ୍ୟ ଏକ ଚିଠିଲେଖି ପୀଡ଼ିତା ଝିଅକୁ ସଂସ୍ଥାକୁ ପଠାଇଲେତାହାର ଚିକିତ୍ସା ସଂସ୍ଥା ତରଫରୁ ସମ୍ପୂର୍ଣ୍ଣ ମାଗଣାରେ କରାଯିବ ବୋଲି କହିଛନ୍ତି । ସଂସ୍ଥା ଠାରୁ ଚିଠି ପାଇବା ପରେ ଜିଲ୍ଲାପାଳ ମଧ୍ୟ ତୁରନ୍ତ ତତ୍ପରତା ପ୍ରକାଶ କରି ଜିଲ୍ଲା ଚିକିତ୍ସାଧିକାରୀଙ୍କୁ ପଦକ୍ଷେପ ଗ୍ରହଣ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି । ଜିଲ୍ଲା ସ୍ୱାସ୍ଥ୍ୟ ବିଭାଗ ରାଷ୍ଟ୍ରୀୟ ବାଲ ସ୍ୱାସ୍ଥ୍ୟ କାର୍ଯ୍ୟକ୍ରମ ଜରିଆରେ ଖୁବ ଶୀଘ୍ର ପୀଡ଼ିତା ଝିଅ ସାଲୁନିକାକୁ ଓଲଟପୁର ସ୍ଥିତ ନିରତାର୍ କୁ ପଠାଇବା ବ୍ୟବସ୍ଥା କରୁଥିବା ଜିଲ୍ଲା ସ୍ୱାସ୍ଥ୍ୟ ଅଧିକାରୀ ରାଜଶ୍ରୀ ପଟ୍ଟନାୟକ ସୂଚନା ଦେଇଛନ୍ତି । ଏଭଳି ସ୍ଥଳେ ଆସନ୍ତା ସୋମବାର କିମ୍ବା ମଙ୍ଗଳବାର ଦିନ ସାଲୁନିକାର ଚିକିତ୍ସା ପାଇଁ କଟକ ସ୍ଥିତ ଓଲଟପୁରକୁ ନିଆଯିବ ବୋଲି ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି ।

## ଆଦର୍ଶ ଚାଷୀ ଏକାକୀ ମହିଳା ମିତା ପ୍ରଧାନ ଆତ୍ମନିର୍ଭରଶୀଳ ହୋଇଛନ୍ତି ଆକ୍ସନଏଡ ସହାୟତାରେ

କନ୍ଧମାଳ,(ପିଏନ)- କନ୍ଧମାଳ ଜିଲ୍ଲାର ଦାରିଙ୍ଗବାଡି ଅଂଚଳରେ ଥିବା ସୁନ୍ଦରଗଡ ଗାଁରେ ଆତ୍ମନିର୍ଭରଶୀଳ ହୋଇଛନ୍ତି ସେହି ଗାଁର ଏକାକୀ ମହିଳା ମିତା ପ୍ରଧାନ । ସ୍ୱେଚ୍ଛାସେବୀ ଅନୁଷ୍ଠାନ ଆକ୍ସନଏଡ୍ ସହାୟତାରେ ସେ ନିର୍ଭରଶୀଳ ହୋଇ ହୋଇପାରିଛନ୍ତି ଜଣେ ସଫଳ ଚାଷି ଅନୁଷ୍ଠାନ ତରଫରୁ ତାଙ୍କୁ ପ୍ରଦାନ କରାଯାଇଥିଲା ୫ ହଜାର ଟଙ୍କା ସେଥିରୁ ସେ ତାଙ୍କ ଜମିରେ ଆରମ୍ଭ କରିଛନ୍ତି ବନ୍ଧାକୋବି ଓ ବାଦାମ ଚାଷ ସେଥିରେ ସେ ବର୍ତ୍ତମାନ ଅଂଚଳର ଜଣେ ସଫଳ ଚାଷି ସାଜିଛନ୍ତି । ୨୦୧୮ ମସିହାରେ କୌଣସି କାରଣ ବସତଃ ଅସୁସ୍ଥ ହେବାପରେ ସ୍ୱାମୀ ମିଳନ ପ୍ରଧାନଙ୍କ ଦେହାନ୍ତ ହେବାପରେ ୨ ବର୍ଷ ଏବଂ ୫ ବର୍ଷର ଦୁଇଟି କନ୍ୟା ସନ୍ତାନକୁ ନେଇ କିପରି ଚଳିବେ ତାହା ତାଙ୍କ ପାଇଁ ହୋଇଥିଲା ଏକ ବଡ ଆହ୍ୱାନ କିପରି ପରିବାର ପୋଷଣ କରିବେ ଏବଂ ତାଙ୍କର ଝିଅମାନଙ୍କୁ କିପରି ବଡ କରିବେ ତାହା ସାଜିଥିଲା ବଡ ଚିନ୍ତା । ବର୍ତ୍ତମାନ ତାଙ୍କ ପାଖରେ ଥିବା ପ୍ରାୟ ୩ ଏକରରୁ ଅଧିକ ଚାଷ ଜମିରେ କରିଛନ୍ତି ସେ ବନ୍ଧାକୋବି, ବାଦାମ ଓ ବିଭିନ୍ନ ପନିପରିବା ଚାଷ ଏବଂ ସେଥିରେ ତାଙ୍କର ପରିବାରର ଅର୍ଥିକ ଉନ୍ନତି ହେବାସହିତ ସେ ମଧ୍ୟ ଜଣେ ଏକାକି ଆତ୍ମନିର୍ଭରଶୀଳ ମହିଳା ହୋଇ ତାଙ୍କପରି ଏକାକୀ ମହିଳା ମାନଙ୍କ ପାଇଁ ଉଦାହରଣ ସାଜିଛନ୍ତି । ତେବେ ତାଙ୍କ ଭଳି ଦାରିଙ୍ଗବାଡି ଅଂଚଳରେ ଥିବା ଆଉ ୧୧ ଜଣ ଏକାକୀ ମହିଳାଙ୍କୁ ଆକ୍ସନଏଡ ତରଫରୁ ୫ ହାଜର ଟଙ୍କା ଲେଖାଏଁ ପ୍ରାଦାନ କରାଯିବାସହିତ ସେମାନଙ୍କୁ ସେମାନଙ୍କର ଇଛା ଓ ସୁବିଧା ଅନୁସାରେ ଛେଳିଚାଷ, ପନିପରିବା ଚାଷ, ମାଣ୍ଡିଆ ଚାଷ ଏବଂ ସିଆଳି ଖଲି ତିଆରି କରିବା ଭଳି ବିଭିନ୍ନ ଆତ୍ମନିର୍ଭରଶୀଳ କାମ କରି ସ୍ୱାଲମ୍ବୀ ହୋଇପାରିଛନ୍ତି । ଦାରିଙ୍ଗବାଡି ସମେତ କନ୍ଧମାଳ ଜିଲ୍ଲାରେ ଆକ୍ସନଏଡ ତରଫରୁ ଫୁଲବାଣୀ, ତୁମୁଡିବନ୍ଧ ଓ ଘୁ.ଉଦୟଗିରି ଅଂଚଳରେ ଏହିପରି ୩୧ ଜଣ ମହିଳାଙ୍କୁ ସାମାନ୍ୟ ଅର୍ଥିକ ସହାୟତା ଯୋଗାଇ ଦେବାସହିତ ସେମାନଙ୍କୁ ତାଙ୍କର ସୁବିଧା ଅନୁସାରେ କାମକରି ସେମାନଙ୍କୁ ମଧ୍ୟ ଆତ୍ମନିର୍ଭରଶୀଳ କରିବା ପାଇଁ ଉଦ୍ୟମ କରାଯାଇଛି । ସେମାନେ ମଧ୍ୟ ସେମାନଙ୍କର ପ୍ରଚେଷ୍ଟାରେ ବିଭିନ୍ନ କାର୍ଯ୍ୟ ମାଧ୍ୟମରେ ସେମାନଙ୍କ ପରିବାରର ଆର୍ଥିକ ଅଭିବୃଦ୍ଧି କରିବାରେ ଲାଗିଛନ୍ତି ବୋଲି ଦାରିଙ୍ଗବାଡି ଅଂଚଳରେ କାର୍ଯ୍ୟରତ ଆକ୍ସନଏଡର ଧନେଶ୍ୱର ସାହୁ କହିଛନ୍ତି ।

## ବିକ୍ରି ପାଇଁ ଦୋକାନ ରେ ରଖିଥିବା ପେଟ୍ରୋଲରୁ ନିଆଁ ଲାଗି ଦୋକାନ ଧୂଳିସାତ

ମାଲକାନଗିରି, (ପିଏନ)- ମାଲକାନଗିରି ଜିଲ୍ଲା କୋରୁକୋଣ୍ଡା ବ୍ଲକ ଅନ୍ତର୍ଗତ ପୋଟ୍ରେଲ ଛକ ଠାରେ ଥିବା ରାଜୁ ପାଙ୍ଗୀଙ୍କ ଦୋକାନରେ ନିଆଁ ଲାଗି ଦୋକାନଟି ସମ୍ପୂର୍ଣ ପୋଡି ଧୂଳିସାତ ହୋଇଯାଇଛି । ଦୋକାନ ରେ ଥିବା ପ୍ରାୟ ୭୦ ହଜାର ଟଙ୍କାର ଦୋକାନ ସାମଗ୍ରୀ ସହିତ ବହୁ ଆସବା ପତ୍ରପୋଡି ପାଉଁଶ ହୋଇଯାଇଛି । ସ୍ଥାନୀୟ ଲୋକମାନେ ନିଆଁକୁ ଆୟତ କରିବାକୁ ଉଦ୍ୟମ କରିଥିଲେ ହେଲେ ନ ପାରିବାରୁ ଏ ସମ୍ପର୍କରେ କୋରୁକୋଣ୍ଡା ଅଗ୍ନିଶମ ବିଭାଗ କୁ ଖବର ଦେଇଥିଲେ ! ଅଗ୍ନିଶମ କର୍ମଚାରୀମାନେ ଘଟଣା ସ୍ଥଳରେ ପହଂଚି ଦୀର୍ଘ ସମୟ ଧରି ସଂଘର୍ଷ କରିବାପରେ ନିଆଁକୁ ଆୟତଓ କରିବାରେ ସଫଳ ହୋଇଥିଲେ । ମିଳିଥିବା ସୂଚନା ଅନୁଯାୟୀ ଦୋକାନରେ ବିକ୍ରୀ କରିବା ନିମନ୍ତେ ଏକ ପ୍ଲାଷ୍ଟିକ ଜାରକିନ ରେ ପ୍ରାୟ ୬୦ ଲିଟର ପେଟ୍ରୋଲ ରଖିଥିଲେ ତେବେ କୋଣସି କାରଣରୁ ଜାରକିନ ରେ ନିଆଁ ଲାଗିଯାଇଥିଲା । ଫଳରେ ପେଟ୍ରୋଲର ନିଆଁ ଉଗ୍ରରୂପ ନେବା ସହ ସମଗ୍ର ଦୋକାନ କୁ ପୋଡି ଜାଳି ଦେଲା । ଏହି ଅଗ୍ନିକାଣ୍ଡରେ ଲୋକଙ୍କ କିଛି କ୍ଷତି ହୋଇନାହିଁ । ଜିଲ୍ଲାର ବିଭିନ୍ନ ଅଂଚଳରେ ଅନେକ ପେଟ୍ରୋଲ ଟାଙ୍କି ରହିଛି । ହେଲେବି ଜିଲ୍ଲାର ବିଭିନ୍ନ ଅଂଚଳରେ କିଛି ଅସାଧୁ ବ୍ୟବସାୟୀ ନିଜ ନିଜର ଦୋକାନ ସମ୍ମୁଖରେ ବେଆଇନ ଭାବେ ପେଟ୍ରୋଲ ଓ ଡିଜେଲ ଖୋଲା ଖୋଲି ବିକ୍ରି କରୁଛନ୍ତି । ପୋଲିସ କିମ୍ବା ଜିଲ୍ଲା ଯୋଗାଣ ବିଭାଗର ଅଧିକାରୀ ମାନେ ନିରବ ଦ୍ରଷ୍ଟା ସାଜିଛନ୍ତି । ବେଆଇନ ଭାବେ ପେଟ୍ରୋଲ ଓ ଡିଜେର୍ଲ ବିକୁଥିବା ବ୍ୟବସାୟୀ ମାନଙ୍କ ବିରୁଦ୍ଧରେ କୌଣସି ଦୃଢ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉ ନ ଥିବା ଯୋଗୁଁ ଏଭଳି ଅଗ୍ନିକାଣ୍ଡ ଘଟୁଥିବା ଅଂଚଳ ବାସୀ ଅଭିଯୋଗ କରିଛନ୍ତି । ତେବେ ଯୋଗାଣ ବିଭାଗର ଅଧିକାରୀ ଓ ପୋଲିସ ପ୍ରଶାସନ ପକ୍ଷରୁ ତୁରନ୍ତ ଏ ଦିଗରେ ପଦକ୍ଷେପ ନେବାକୁ ଜିଲ୍ଲାବାସୀ ଦାବୀ କରିଛନ୍ତି !

## ୩ ବର୍ଷ ହେଲା ଭାଙ୍ଗି ଯାଇଥିବା କସଲକୋଣ୍ଡା ବ୍ରିଜ ଓ ରାସ୍ତା ମରାମତି ପାଇଁ ଦାବୀ

ମାଲକାନଗିରି, (ପିଏନ)-ଗତ ୩ ବର୍ଷ ତଳେ ମାଲକାନଗିରି ଜିଲ୍ଲା କାଲିମେଲା ବ୍ଲକ ଚିନ୍ତଲବାଡା ପଂଚାୟତ କସଲକୋଣ୍ଡା ଗାଁ ମୁଖ୍ୟ ରାସ୍ତା କୁ ସଂଯୋଗ କରୁଥିବା ଗମ୍ପାକୋଣ୍ଡା କେନାଲ ରାସ୍ତାରୁ ଯାଇଥିବା ଗ୍ରାମ୍ୟ ଉନୟନ୍ନ ବିଭାଗ ର ରାସ୍ତା ଓ ବ୍ରିଜ ଧୋଇହୋଇଯାଇଥିଲା । ହେଲେ ଆଜି ପ୍ରଯ୍ୟନ୍ତ ଉକ୍ତ ବ୍ରିଜ ନିର୍ମାଣ କରାଯାଇନଥିବାରୁ ଏହି ରାସ୍ତାଦେଇ ଯାଉଥିବା ଲୋକ ମାନେ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି । ବ୍ରିଜ ର ଅବସ୍ଥା ଅତ୍ୟନ୍ତ ଶୋଚନୀୟ ହୋଇ ପଡ଼ିଥିବାରୁ ଏହି ରାସ୍ତାଦେଇ ଚାଲିଚାଲି ଯିବା କଷ୍ଟକର ହୋଇପଡୁଛି ।

ପ୍ରକାଶ ଥାଉକି ଗମ୍ପାକୋଣ୍ଡା ମୁଖ୍ୟ କେନାଲ ରୁପୁରୁଣା ପଂଚାୟତ ଅଫିସ ପର୍ଯ୍ୟନ୍ତ ପ୍ରାୟ ୨ କିମି ରାସ୍ତା ବର୍ଷାରେ ଧୋଇହୋଇଯାଇଛି । ଏହି ରାସ୍ତାର ମଧ୍ୟ ଭାଗରେ କସଲ କୋଣ୍ଡା ନାଳ ରହିଛି, ଯାହାର ଲମ୍ବ ୧୫ ମିଟର । ଉକ୍ତ ରାସ୍ତା ଚିନ୍ତଲବାଡା ଓ ଗୁମୁକା ପଂଚାୟତକୁ ସଂଯୋଗ କରୁଥିବାରୁ ବହୁ ଲୋକ ସୁବିଧାରେ ଯାତାୟାତ କରୁଥିଲେ । ତେବେ ୩ ବର୍ଷ ଧରି ରାସ୍ତା ଓ ବ୍ରିଜ ମରାମତି ହୋଇନଥିବାରୁ କସଲକୋଣ୍ଡା, ସିନ୍ଧିଗୁଡା, ଏବଂ ନିକଟରେ ଥିବା ଅନ୍ୟ ୬ ଟି ଗାଁ ର ଶତାଧିକ ଲୋକ ନାହିଁ ନଥିବା ଦୁର୍ଦ୍ଦର୍ଷା ଭୋଗୁଛନ୍ତି । ସାଧାରଣତଃ କାହାର ଦେହ ଖରାପ ହେଲେ ରୋଗୀ, ଗର୍ଭବତୀଙ୍କୁ ଚିକିତ୍ସାଳୟ ନେବାକୁ ଗାଁ ନିକଟକୁ ଆମ୍ବୁଲାନ୍ସ ଆସିପାରେନାହିଁ ! ଫଳରେ ରୋଗୀଙ୍କୁ ଖଟିଆରେ ବୋହିବାକୁ ପଡିଥାଏବୋଲି କସଲକୋଣ୍ଡା ଗ୍ରାମର ୱାର୍ଡ ମେମ୍ବର ଈରମେ କବାସୀ କହିଛନ୍ତି । ମରାମତି ପାଇଁ ପ୍ରଶାସନ ପାଖରେ ଅଞ୍ଚଳବାସୀ ବାରମ୍ବାର ଦାବି କରିଆସୁଥିଲେ ସୁଦ୍ଧା କେହି ଶୁଣୁ ନ ଥିବା ପଂଚାୟତବାସୀ ଅଭିଯୋଗ କରିଛନ୍ତି ! ଜିଲ୍ଲା ପ୍ରଶାସନ ପକ୍ଷରୁ ତୁରନ୍ତ ଏଥିପ୍ରତି ଦୃଷ୍ଟି ଦେବାପାଇଁ ଦାବୀ ହେଉଛି !

### ବିବାହର ପ୍ରତିଶ୍ରୁତି ଦେଇ ମାସମାସ ଧରି ଯୁବତୀଙ୍କୁ ଦୁଷ୍କର୍ମ

## ୬ମାସର ଗର୍ଭବତୀ ପରେ ସଂପୃକ୍ତ ଯୁବକ ଫେରାର, ଦୈତାରୀ ଥାନାରେ ଏତଲା

ହରିଚନ୍ଦନପୁର, (ପିଏନ) ବିବାହର ପ୍ରତିଶ୍ରୁତି ଓ ବିଭିନ୍ନ ପ୍ରଲୋଭନ ଦେଖାଇ ମାସମାସ ଧରି ଯୁବତୀଙ୍କ ସହ ଦୁଷ୍କର୍ମ, ୬ମାସର ଗର୍ଭବତୀ ହେବା ପରେ ସଂପୃକ୍ତ ଯୁବକ ଫେରାର ହୋଇଯାଇଥିବା ନେଇ ଦୈତାରୀ ଥାନାରେ ଲିଖିତ ଅଭିଯୋଗ ହୋଇଛି । ଖବର ଅନୁଯାୟୀ କେନ୍ଦୁଝର ଜିଲ୍ଲା ହରିଚନ୍ଦନପୁର ବ୍ଲକ ଦୈତାରୀ ଥାନା ଅନ୍ତର୍ଗତ ଆଲୁତୁମା ଗ୍ରାମର ଯାତ ଦେହୁରୀଙ୍କ ଝିଅ (ଛଦ୍ମନାମ) ଜମୁନା(୧୮)ଙ୍କ ସହ ଗ୍ରାମର ଙ୍ଗପିତାମ୍ବର ଦେହୁରୀଙ୍କ ପୁଅ ସୁଶାନ୍ତ ଦେହୁରୀ ପ୍ରେମ ସମ୍ପର୍କ ରଖିଥିଲେ । ପରେ ବିବାହର ପ୍ରତିଶ୍ରୁତି ଓ ବିଭିନ୍ନ ପ୍ରଲୋଭନ ଦେଖାଇ ଯୁବତୀଙ୍କୁ ଦୀର୍ଘ ମାସ ଧରି ଦୁଷ୍କର୍ମ କରିଥିଲେ । ଯୁବତୀ ଜଣଙ୍କ ଗର୍ଭବତୀ ହେବା ପରେ ଯୁବକଙ୍କୁ ଘଟଣା ସମ୍ପର୍କରେ ଜଣାଇବା ପରେ ଯୁବକ ଜଣଙ୍କ ଫେରାର୍ ହୋଇଯାଇଥିଲେ । ଯୁବକ ଜଣଙ୍କ ଫେରାର୍ ହୋଇଯିବା ନେଇ ପୀଡ଼ିତା ଜଣଙ୍କ କିଛି ଉପାୟ ନପାଇ ମାଆ ଗୁଣ୍ଡ ଦେହୁରୀଙ୍କୁ ଘଟଣା ସମ୍ପର୍କ ସବୁ କଥା ଜଣାଇଥିଲେ । ଝିଅ ଠାରୁ ସମସ୍ତ ଘଟଣା ସମ୍ପର୍କରେ ଜାଣିବା ପରେ ସମାଧାନ ନିମନ୍ତେ ଗ୍ରାମର ଭଦ୍ର ଲୋକଙ୍କ ଏକ ସଭା ବସିଥିଲା । ହେଲେ ଉକ୍ତ ସଭାରେ ଉଚିତ୍ ନ୍ୟାୟ ମିଳିବା ଭଳି କୌଣସି ସମାଧାନ ବାଟ ବାହାରିନଥିଲା । ଶେଷରେ କିଛି ଉପାୟ ନପାଇ ନ୍ୟାୟ ଆଶାରେ ପରିବାର ସହ ପୀଡ଼ିତା ଦୈତାରୀ ଥାନା ଦ୍ୱାରସ୍ଥ ହୋଇ ଏକ ଲିଖିତ ଅଭିଯୋଗ କରିଥିଲେ । ଏଥିସହ ଯୁବକଙ୍କ ପରିବାର ସବୁ ସମ୍ପର୍କରେ ଜାଣିବା ପରେ ତାଙ୍କୁ ଲୁଚାଇ ରଖିଥିବା ପୀଡ଼ିତା କହିଛନ୍ତି । ଅଭିଯୋଗକୁ ଭିତି କରି ପୋଲିସ ଏକ ମାମଲା ରୁଜୁ କରି ପୀଡ଼ିତାଙ୍କୁ କେନ୍ଦୁଝର ମୁଖ୍ୟ ଚିକିତ୍ସାଳୟରେ ଡ଼ାକ୍ତରୀମାଇନା କରିବା ପରେ ତଦନ୍ତ ଆରମ୍ଭ କରିଥିବା ଜଣାପଡ଼ିଛି । ହେଲେ ଗତ ମଙ୍ଗଳବାର ଥାନାରେ ଅଭିଯୋଗ ହୋଇଥିଲା ବେଳେ ଆଜି ପର୍ଯ୍ୟନ୍ତ ପୋଲିସ ସଂପୃକ୍ତ ଯୁବକଙ୍କ ପତା ପାଇନଥିବା କାରଣରୁ ନ୍ୟାୟ ଆଶାରେ ଚାହିଁ ରହିଥିବା ପୀଡ଼ିତା ମଧ୍ୟରେ ଧିରେ ଧିରେ ଆଶା ତୁଟିବାକୁ ବସିଛି । ଏଥିପ୍ରତି ଜିଲ୍ଲା ପ୍ରଶାସନ ଦୃଷ୍ଟି ଦେଇ ଯଥାଶୀଘ୍ର ପୀଡ଼ିତାଙ୍କୁ ଉଚିତ୍ ନ୍ୟାୟ ପ୍ରଦାନ କରାଇବାକୁ ଗ୍ରାମବାସୀ ଓ ପୀଡ଼ିତା ଦାବି କରିଛନ୍ତି ।

## ଆର୍ଯ୍ୟସମାଜ ଆନ୍ଦୋଳନର ମୁଖ୍ୟ ପୃଷ୍ଟପୋଷକ ସ୍ୱାମୀ ଅଗ୍ନିବେଶଙ୍କ ରାଜ୍ୟସ୍ତରୀୟ ଶ୍ରଦ୍ଧାଞ୍ଜଳି ସଭା

ଭୁବନେଶ୍ୱର, (ପିଏନ)- ବିଶିଷ୍ଟ ସାମାଜିକ କାର୍ଯ୍ୟକର୍ତ୍ତା, ଆର୍ଯ୍ୟସମାଜ ଆନ୍ଦୋଳନର ମୁଖ୍ୟ ପୃଷ୍ଟପୋଷକ, ସଂସ୍କାରବାଦୀ ସନ୍ନ୍ୟାସୀ ସ୍ୱାମୀ ଅଗ୍ନିବେଶଙ୍କ ଉଦ୍ଦେଶ୍ୟରେ ଆର୍ଯ୍ୟସମାଜ, ଓଡ଼ିଶା ପକ୍ଷରୁ ଏକ ଶ୍ରଦ୍ଧାଞ୍ଜଳି ସଭା ଜୁମ୍ ଭିଡ଼ିଓ ଯୋଗେ ସଭାପତି ଆର୍ଯ୍ୟକୁମାର ଜ୍ଞାନେନ୍ଦ୍ରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ପ୍ରାରମ୍ଭରେ ପଣ୍ଡିତ ବୀରେନ୍ଦ୍ର କୁମାର ପଣ୍ଡା ବେଦମନ୍ତ୍ର ପାଠ କରିବା ପରେ ଶ୍ରଦ୍ଧାଞ୍ଜଳି ଜଣାଇ ଦିବ୍ୟଜୀବନ ସଂଘର ସନ୍ନ୍ୟାସୀ ସ୍ୱାମୀ ଜଗନ୍ନାଥାନନ୍ଦ ମହାରାଜ କହିଲେ ଯେ, ମହର୍ଷି ଦୟାନନ୍ଦଙ୍କର ସଚ୍ଚା ଶିଷ୍ୟ ଥିଲେ ସ୍ୱାମୀ ଅଗ୍ନିବେଶ, ତାଙ୍କର ସଂଗ୍ରାମ ଥିଲା ସାଲିସ ବିହୀନ । ସେ ପ୍ରକୃତରେ ଥିଲେ ସାମାଜିକ କ୍ରାନ୍ତିର ଜଣେ ବାର୍ତ୍ତାବହ । ବିଶିଷ୍ଟ ଶିକ୍ଷାବିତ୍ ଡଃ ପ୍ରଫେସର ହରେକୃଷ୍ଣ ଶତପଥି କହିଲେ ଯେ, ସ୍ୱାମିଜୀ ଅଗ୍ନିବେଶ ନାମକୁ ସାର୍ଥକ କରିଥିଲେ । ତାଙ୍କର ବକ୍ତବ୍ୟରେ ଅଗ୍ନିସ୍ଫୁଲିଙ୍ଗ ସୃଷ୍ଟି କରୁଥିଲା । ଶିକ୍ଷାବିତ୍ ଡଃ ବଦ୍ରୀନାଥ ପଟ୍ଟନାୟକ ଶ୍ରଦ୍ଧାଞ୍ଜଳି ଜଣାଇ କହିଲେ ଯେ, ସେ ଥିଲେ ଗୋଡିଶ୍ରମିକମାନଙ୍କର ତ୍ରାଣକର୍ତ୍ତା । ସମାଜବାଦୀ ପାର୍ଟିର ସଭାପତି ରବି ବେହେରା କହିଲେ ଯେ, ଆମେ ଗର୍ବିତ ଯେ, ସେ ଓଡ଼ିଶାରେ ଜନ୍ମ ହୋଇଥିଲେ । ବରିଷ୍ଠ କଂଗ୍ରେସ ନେତା ଅଧ୍ୟାପକ କୈଳାସ ଆଚାର୍ଯ୍ୟ କହିଲେ ଯେ, ସ୍ୱାମିଜୀ ମରିନାହାଁନ୍ତି, ସ୍ୱାମିଜୀଙ୍କୁ ଗୋଟିଏ ନିର୍ଦ୍ଦିଷ୍ଟ ଦଳର ଗୁଣ୍ଡାମାନେ ମାରିଦେଲେ । ଘାତକମାନେ ସରକାରୀ ପୃଷ୍ଟପୋଷକତାରେ ଏବେବି ବୁଲୁଛନ୍ତି । ଡ଼ି.ଏ.ଭି.ର ବରିଷ୍ଠ କାର୍ଯ୍ୟକର୍ତ୍ତା ଡଃ ହିମାଂଶୁ ମହାନ୍ତି କହିଲେ ଯେ, ଓଡ଼ିଶାର ପ୍ରତ୍ୟେକଟି ସମସ୍ୟା ସହିତ ନିଜକୁ ସାମିଲ୍ କରିଥିଲେ । ସେ ପୋସ୍କୋ ହେଉ ବା ମହାନଦୀ ବଂଚାଓ ହେଉ । ମା'ଘରର ପ୍ରତିଷ୍ଠାତ୍ରୀ ସଭାନେତ୍ରୀ ଋତୁପର୍ଣ୍ଣା ମହାନ୍ତି ଶ୍ରଦ୍ଧାଞ୍ଜଳି ଜଣାଇ କହିଲେ ଯେ, ସମାଜର ପଛୁଆବର୍ଗ, ବିଶେଷ ଭାବେ ଶୋଷିତଶ୍ରେଣୀ, ମହିଳାମାନଙ୍କୁ ସମାଜର ଆଗଧାଡ଼ିକୁ ଆଣିବାକୁ ତାଙ୍କର ସଂଗ୍ରାମ ଥିଲା ସାଲିସ ବିହୀନ । ଅନ୍ୟମାନଙ୍କ ମଧ୍ୟରେ ପୂର୍ବତନ କୁଳପତି ଡଃ ବିମଳେନ୍ଦୁ ମହାନ୍ତି, ମହାବୋଧି ସମିତିର ଟ୍ରଷ୍ଟି ଡଃ ସୌରେନ୍ଦ୍ର ମହାପାତ୍ର, ମହର୍ଷି ଦୟାନନ୍ଦ ମିଶନ ଅଧ୍ୟକ୍ଷ ଡଃ ବିକାଶ ପଣ୍ଡା, ଇଂ ଗୋପିନାଥ ପଟ୍ଟନାୟକ ଶ୍ରଦ୍ଧାଞ୍ଜଳି ଜଣାଇଥିଲେ । କାର୍ଯ୍ୟକ୍ରମକୁ ଡଃ ବଦ୍ରୀନାଥ ପଟ୍ଟନାୟକ ପରିଚାଳନା କରିଥିଲେ । ଶେଷରେ ଯୁବ ଆର୍ଯ୍ୟସମାଜ, ଓଡ଼ିଶାର ଅଧ୍ୟକ୍ଷ ପ୍ରବୀର ଆର୍ଯ୍ୟ ଧନ୍ୟବାଦ ଦେଇଥିଲେ ।

### ୨ କୋଭିଡ୍ ସନ୍ଦିଗ୍ଧଙ୍କ ଶବ ସଂସ୍କାର ପାଇଁ ସହାୟତା କଲା ଟିମ ହ୍ୟୁମେନିଟି

## ପୋଲିସ, ପ୍ରଶାସନ ଓ ପୌରନିର୍ବାହୀ ଅଧିକାରଙ୍କ ଉପସ୍ଥିତିରେ ହେଲା ସମ୍ପର୍ଣ୍ଣ

କନ୍ଧମାଳ,(ପିଏନ)-୨ କୋଭିଡ୍ ସନ୍ଦିଗ୍ଧଙ୍କର ଫୁଲବାଣୀ ଡାକ୍ତରଖାନାରେ ଚିକିତ୍ସିତ ଅବସ୍ଥାରେ ମୃତ୍ୟୁ ହୋଇଥିଲା । ସେମାନଙ୍କ ମଧ୍ୟରୁ ଫୁଲବାଣୀ ଗଣେଷ ବଜାରର ଜଣେ ୭୫ ବର୍ଷିୟ ପୁରୁଷ ହୋଇଥିବାବେଳେ ଆଉ ଜଣେ ଅମଲାପଡା ଅଂଚଳର ଜଣେ ୮୦ ବର୍ଷର ମହିଳା ଅଟନ୍ତି । ତେବେ ସେମାନଙ୍କର ଶବ ସଂସ୍କାର ପାଇଁ ତାଙ୍କ ଆଖପାଖ ଅଂଚଳର କେହି ନଆସିବାରୁ କନ୍ଧମାଳ ଟିମ ହ୍ୟୁମାନିଟିକୁ ଜିଲ୍ଲା ପ୍ରଶାସସନ ତରଫରୁ ଏହି କାର୍ଯ୍ୟରେ ସହାୟତା ପାଇଁ ଅନୁରୋଧ କରାଯାଇଥିଲା । ଏଥିରେ ଟିମ ହ୍ୟୁମାନିଟିର ସଦସ୍ୟ ମାନେ ତୁରନ୍ତ ପ୍ରସ୍ତୁତ ହେବା ସହିତ ସଦସ୍ୟ ମାନେ କୋଭିଡ ହସପିଟାଲରେ ପହଂଚିବା ସହିତ ସମସ୍ତେ ପିପିଇ କିଟ୍ ପିନ୍ଧି ସ୍ଥାନୀୟ ଏଫ୍‌ସିଆଇ ଛକ ନିକଟରେ ଥିବା ଶ୍ମଶାନରେ କୋଭିଡ ନିୟମ ଅନୁସାରେ ୨ଟି ଶବ ସଂସ୍କାର କରିଥିଲେ । ସେଠାରେ ଉଭୟ ମୃତକଙ୍କ ପରିବାରର ସ୍ୱଳ୍ପ ସମ୍ପର୍କିୟଙ୍କ ସମେତ ପୋଲିସ ଜିଲ୍ଲା ପ୍ରଶାସନିକ ଅଧିକାରୀ ଫୁଲବାଣୀ ପୌରାଂଚଳର କାର୍ଯ୍ୟନିର୍ବାହୀ ଅଧିକାରୀଙ୍କ ଉପସ୍ଥିତିରେ ଏହି ଦୁଇଟି ଶବକୁ ସଂସ୍କାର କରାଯାଇଛି । ଟିମ ହ୍ୟୁମାନିଟିର ଏହି ମାନବିକତା ପୂର୍ଣ୍ଣ କାର୍ଯ୍ୟକୁ ଜିଲ୍ଲା ପ୍ରଶାସନ ସମେତ ଜିଲ୍ଲାର ବିଭିନ୍ନ ବୁଦ୍ଧୀଜିବି ମହଲରେ ପ୍ରଶଂସା କରାଯାଇଛି । ସୁଚା ଯୋଗ୍ୟ ଟିମ ହ୍ୟୁମାନିଟି ଗତ କଚି ଦିନ ହେଲା ଫୁଲବାଣୀ ସମେତ ସମଗ୍ର କନ୍ଧମାଲ ଜିଲ୍ଲାରେ ସଡକ ଦୁର୍ଘଟଣାର ଆହତ ମାନଙ୍କ ସହିତ ସ୍ନେକ ହେଲ୍ପଲାଇନ୍ ଜରିଆରେ ଲୋକଙ୍କ ଘରେ ପଶିଥିବା ସାପକୁ ଧରିବା ସହିତ ତାକୁ ନେଇ ସୁରକ୍ଷିତ ଭାବରେ ଜଙ୍ଗଲରେ ଛାଡିବା, ରକ୍ତଦାନ କ୍ଷେତ୍ରରେ କାର୍ଯ୍ୟ କରିବା ଭଳି ଅନ୍ୟାନ୍ୟ ସେମା ମୁଳକ କାର୍ଯ୍ୟରେ ଅସହାୟ ଲୋକଙ୍କୁ ସେବା ଦେଇ ଆସୁଛି । ତେବେ ଆଜିର ଏହି କାର୍ଯ୍ୟ ପାଇଁ ଟିମ ହ୍ୟୁମାନିଟିର ସଦସ୍ୟ ମାନଙ୍କୁ ଜିଲ୍ଲାର ସବୁ ସ୍ତରରୁ ପ୍ରଶଂସାର ସୁଅ ଛୁଟିଛି ।




# ରାସ୍ତାରେ ହେଲା ପ୍ରସବ; ଶିଶୁପୁତ୍ରର ମୃତ୍ୟୁ ପ୍ରସୂତୀଙ୍କୁ ମିଳିଲାନି ଚିକିତ୍ସା

## ଟାଟାଷ୍ଟିଲ ଭୁଲିଗଲା ମାନବିକତା

ଯୋଡ଼ା (ପିଏନ)-କେନ୍ଦୁଝର ଜିଲ୍ଲା ଯୋଡା ପୌରପାଳିକା ୯ ୱାର୍ଡ ଗୋପ ହଟିଂ ସ୍ଥିତ ମଙ୍ଗଳାମନ୍ଦିର ନିକଟ ରାସ୍ତାରେ ଜନ୍ମ ହୋଇଛି ଏକ ଶିଶୁପୁତ୍ର । ଭୂମିଷ୍ଠ ହେବା ପରେ ଶିଶୁପୁତ୍ରଟିର ମୃତ୍ୟୁ ହୋଇଯାଇଥିବା ଖବର ହସ୍ତଗତ ହୋଇଛି । ଏହି ଅଭାବନୀୟ ଘଟଣା ଦେଖିବାକୁ ମିଳିଛି ସର୍ବାଧିକ ଖଣି ରାଜସ୍ୱ ଦେଉଥିବା ଖଣି ଉପତ୍ୟକା ଯୋଡା ସହରରେ । ପ୍ରତ୍ୟେକ୍ଷ ସୂତ୍ରରୁ ପ୍ରକାଶ ଯେ ସୋମବାର ରାତ୍ର ପ୍ରାୟ ସାଢେ ୧୦ଟା ସମୟରେ ଜଳହରୀ ପ ାୟତ ଅଧୀନରେ ଆଇଟିସି କଲୋନୀ ନିବାସୀ କପିଳାସ ନାଏକ ତାଙ୍କ ପତ୍ନୀ ସୁକମତୀ ପୂ ର୍ ୀ ଏବଂ ତାଙ୍କ ଶାଶୁ ଘାସ ନାଏକ ସୁକୁମତୀଙ୍କୁ ଦୁଇ କାନ୍ଧର ସାହାରାରେ ମଙ୍ଗଳାମନ୍ଦିର ରାସ୍ତା ଦେଇ ସରକାରୀ ଡାକ୍ତରଖାନାକୁ ନେଉଥିବା ବେଳେ ପ୍ରସବ ବେଦନା ସହିନପାରି ସୁକୁମତୀ ରାସ୍ତାରେ ଉପରେ ଶିଶୁପୁତ୍ରକୁ ଜନ୍ମ ଦେଇଥିଲେ । ହେଲେ ଶିଶୁପୁତ୍ରଟିର କିଛିକ୍ଷଣ ପରେ ମୃତ୍ୟୁ ଘଟିଥିଲା । ପ୍ରସବ ବେଦନାର ଚିତ୍କାର ଏବଂ ମୃତ ଶିଶୁପୁତ୍ରର ଦୁଃଖରେ ମ୍ରିୟମାଣ ମୃତ ଶିଶୁର ମା'ଙ୍କର କ୍ରନ୍ଦନ ବସ୍ତିବାସିନ୍ଦାଙ୍କ ନିଦ ହଜାଇ ଦେଇଥିଲା । ଏସମ୍ପର୍କରେ ବିଦ୍ଧିବଦ୍ଧ ଭାବେ ସୁକୁମତୀଙ୍କ ସ୍ୱାମୀ କପିଳାସଙ୍କ ଠାରୁ ଜାଣିବାକୁ ମିଳିଥିଲା ଯେ ସୋମବାର ଅପରାହ୍ଣ ୨ଟା ବେଳେ ସେ ଓ ତାଙ୍କ ପରିବାର ସୁକୁମତୀଙ୍କୁ ପ୍ରସବ ପାଇ ଯୋଡା ସ୍ଥିତ ସରକାରୀ ଡାକ୍ତରଖାନାରେ ଭ ର୍ କରିଥିଲେ । ସେଠାରେ ତାଙ୍କର ଅବସ୍ଥା ଜଟିଳ ଥିବାରୁ ତାଙ୍କୁ ଡାକ୍ତରଖାନା ପକ୍ଷରୁ କେନ୍ଦୁଝର କିମ୍ବା ଚମ୍ପୁଆ ନେବା ପାଇଁ କୁହାଯାଇଥିଲେ ହେଁ ସମ୍ବଳ ଅଭାବରୁ ସେ ଟାଟା କମ୍ପାନୀ ଡାକ୍ତରଖାନାକୁ ନେଇଯାଇଥିଲେ । ସେଠାରେ ତାଙ୍କୁ ଚିକିତ୍ସା କରାଯିବା ପରିବର୍ େକେବଳ କୋଭିଡ ଟେଷ୍ଟ କରାଇ କୌଣସି ରିପୋର୍ଟ ନଦେଇ ତାଙ୍କୁ ପୁନଃ ସରକାରୀ ଡାକ୍ତରଖାନାକୁ ପଠାଇ ଦିଆଯାଇଥିଲା । ସେଠାରୁ ସରକାରୀ ଡାକ୍ତରଖାନାକୁ ଆସିବା ପାଇଁ କୌଣସି ଗାଡି କିମ୍ବା ଆମ୍ବୁଲାନ୍ସର ସୁବିଧା ନମିଳିବାରୁ ଶେଷରେ ସୁକୁମତୀ ପୂ ର୍ ୀଙ୍କ ସ୍ୱାମୀ ଓ ଶାଶୁ ଦୁଇ କାନ୍ଧରେ ଆଶ୍ରା କରି ପାଦରେ ଚାଲି ଚାଲି ମଙ୍ଗଳାମନ୍ଦିର ଦେଇ ରାସ୍ତା ଅତିକ୍ରମ କରୁଥିବା ବେଳେ ଗର୍ଭବତୀ ମହିଳା ସୁକୁମତୀଙ୍କ ରାସ୍ତାରେ ପ୍ରାୟ ରାତ୍ର ୧୧ଟା ବେଳେ ସନ୍ତାନ ପ୍ରସବ ହୋଇଯାଇଥିଲା । ଶିଶୁପୁତ୍ରଟିର ଜନ୍ମ ହେବାର କିଛି ସମୟ ପରେ ମୃତ୍ୟୁ ହୋଇଯାଇଥିଲା । କ୍ରନ୍ଦନ ଏବଂ ଚିତ୍କାର ଶବ୍ଦ ଶୁଣି ସ୍ଥାନୀୟ ଲୋକେ ଆସି ଦେଖିବା ପରେ ସମସ୍ତେ ସ୍ତବ୍ଧ ହୋଇଯାଇଥିଲେ । କାରଣ ଶିଶୁପୁତ୍ର ଜନ୍ମ ହେବା ପରେ ଶିଶୁପୁତ୍ରଟିର ନାଭି ମା' ସହିତ ସଂଯୋଗ ହୋଇ ରହିଥିଲା । ମାଙ୍କର ଜୀବନ ପ୍ରତି ବିପଦ ଥିବାରୁ ତୁରନ୍ତ ସ୍ଥାନୀୟ ଲୋକ ୧୦୮ ଆମ୍ବୁଲାନ୍ସକୁ ଖବର ଦେବା ସହିତ ଟାଟାକମ୍ପାନୀ ମୁଖ୍ୟ ଚିକିତ୍ସାଧିକାରୀଙ୍କୁ ଫୋନ ଯୋଗେ ଜଣାଇଥିଲେ । ତେବେ ବଡବିଲରୁ ୧୦୮ ଆମ୍ବୁଲାନ୍ସଟି ପହ ି ସୁକୁମତୀଙ୍କୁ ମୃତ ଶିଶୁପୁତ୍ର ସହ ସ୍ଥାନୀୟ ସରକାରୀ ଡାକ୍ତରଖାନାରେ ଭ ର୍ କରିଥିଲେ । ଏହି ଘଟଣା ପ୍ରଘଟ ହେବା ପରେ ଜନସାଧାରଣଙ୍କ ମନରେ ଘରୋଇ ଡାକ୍ତରଖାନା ପ୍ରତି ପ୍ରବଳ ଆକ୍ରୋଶ ଦେଖାଯାଇଥିଲା । ଯୋଡା ବିକାଶ ପରିଷଦ ପକ୍ଷରୁ ସଭାପତି ନିରଞ୍ଜନ ବହିଦାର କ୍ଷୋଭର ସହ ନିଜର ପ୍ରତିକ୍ରିୟାରେ କହିଛନ୍ତି ଯେ ଟାଟା ଖଣି ଖାଇ ପାଣି ଖାଇଲା ହେଲେ ପ୍ରଭାବିତ ଲୋକଙ୍କର ସେବାକୁ ନିଜର ଦାୟିତ୍ୱ ବଦଳରେ ଦୟା ବୋଲି ଭାବିଲା । ଏସମ୍ପର୍କରେ ଟାଟା କମ୍ପାନୀ ଡାକ୍ତରଖାନା ମୁଖ୍ୟ ଚିକିତ୍ସାଧିକାରୀ ଏମ.କେ.ତ୍ରିପାଠୀ ତାଙ୍କ ପ୍ରତିକ୍ରିୟାରେ କହିଥିଲେ ଯେ ମହିଳା ଜଣକ ଚିକିତ୍ସା ନିମନ୍ତେ ଏଠାକୁ ଆସିଥିବା ସେ ଜାଣିଛନ୍ତି । ଏବଂ ତାଙ୍କର କୋଭିଡ ଟେଷ୍ଟ ମଧ୍ୟ କରାହେବା ପରେ କରୋନା ପଜିଟିଭ ରିପୋର୍ଟ ଜଣାପଡିଛି । ରୋଗୀ ଏଠାରୁ ଚାଲିଯିବା ସମ୍ପର୍କରେ ସେ ତଦନ୍ତ କରିବେ । ତଦନ୍ତ ପରେ କାର୍ଯ୍ୟାନୁଷ୍ଠନ ଗ୍ରହଣ କରାଯିବ ବୋଲି ସେ କହିଥିଲେ । ତେବେ ଏଠାରେ ପ୍ରଶ୍ନ ଉଠୁଛି ଯେ ଟାଟାଷ୍ଟିଲ ଡାକ୍ତରଖାନା ପରିସର ମଧ୍ୟରେ କୋଭିଡ ଡାକ୍ତରଖାନା ଥିବା ସ େ କିପରି ମହିଳାଙ୍କୁ ଚିକିତ୍ସା କରାନଯାଇ କିପରି ଦାୟିତ୍ୱହୀନ ଭାବେ ପଠାଇ ଦିଆଗଲା ଓ ଆମ୍ବୁଲାନ୍ସଟିଏ ମଧ ତାଙ୍କୁ ଦିଆଗଲା ନାହିଁ ଏହା ଜନସାଧାରଣଙ୍କ ପ୍ରଶ୍ନ । ତେଣେ ସରକାରୀ ଡାକ୍ତରଖାନାରୁ ପ୍ରସବ ଚିକିତ୍ସା ହେବା ପରେ ମହିଳା ଓ ତାଙ୍କ ପରିବାର ଜଳହରୀ ସ୍ଥିତ ଆଇଟିସି ଗ୍ରାମକୁ ଚାଲି ଯାଇଛନ୍ତି । ଯାହାକୁ ସଂକ୍ରମଣର ଆଶଙ୍କାକୁ ବଢାଇ ଦେଇଛି । ଏନେଇ ଟାଟା କମ୍ପାନୀ କର୍ପୋରେଟ କମ୍ୟୁନିକେଶନର ଅଧିକାରୀ ଆଶିଷ ଆଚାର୍ଯ୍ୟ ପ୍ରେସ ବିବୃ ି ଦେଇ ସୂଚନା ଦେଇଛନ୍ତି ଯେ ସୁକୁମତୀ ପୂ ର୍ ୀଙ୍କୁ ଅକ୍ଟୋବର ୫ ତାରିଖ ରାତି ପ୍ରାୟ ୮.୪୦ ମିନିଟରେ ଟାଟାଷ୍ଟିଲ ହସ୍ପିଟାଲକୁ ଅଣାଯାଇଥିଲା । ହସ୍ପିଟାଲରେ ୨ଜଣ ସ୍ତ୍ରୀ ଓ ପ୍ରସୂତୀ ବିଭାଗର ବିଶେଷଜ୍ଞ ଅଛନ୍ତି । ଜଣେ ଡାକ୍ତର ସଙ୍ଗରୋଧରେ ଥିବାରୁ ସେ ରୋଗୀଙ୍କୁ ଦେଖି ପାରିବେ ନାହିଁ । ଦ୍ୱିତୀୟ ଡାକ୍ତର କୋଭିଡରୁ ଏବେ ସୁସ୍ଥ ହୋଇଛନ୍ତି ଓ ସେହି ସମୟରେ ସେ ଅସୁସ୍ଥତା ଅନୁଭବ କରିବାରୁ ଡାକ୍ତରଖାନାକୁ ଆସିପାରିନଥିଲେ । ଏପରିସ୍ଥିତିରେ ରୋଗୀଙ୍କୁ ଏଠାରେ ଭ ର୍ କରିବା ସମ୍ଭବପର ନଥିବାରୁ ନିକଟସ୍ଥ ହସ୍ପିଟାଲକୁ ନେବା ପାଇଁ ପରାମର୍ଶ ଦିଆଯାଇଥିଲା ।

### ଅବନୀ ବରାଳଙ୍କୁ ଜନ୍ମ ଦେଇ ଏ ମାଟି ଧନ୍ୟ

ଜଗତସିଂହପୁର,(ପି.ଏନ): ଜଗତସିଂହପୁର ମାଟିର ଗର୍ବ ଓ ଗୌରବ ତଥା ଅପ୍ରତିଦ୍ୱନ୍ଦୀ ଶିକ୍ଷକ ନେତା ପ୍ରଫେସର ଅବନୀ ବରାଳଙ୍କ ୧୧ତମ ଶ୍ରାଦ୍ଧ ବାର୍ଷିକ ଆଜି ଜଗତସିଂହପୁର ସାରସ୍ୱତ ପରିଷଦ ପକ୍ଷରୁ ସ୍ଥାନୀୟ ଅଳସୁଧାସ୍ଥିତ ପାର୍ବତୀ ବାଳିକା ଉଚ୍ଚ ବିଦ୍ୟାଳୟ ପରିସରରେ ପାଳିତ ହୋଇଯାଇଛି । ପରିଷଦର ସଭାପତି ଅଧ୍ୟାପକ ହିମାଂଶୁ ଆଚାର୍ଯ୍ୟ ଏଥିରେ ସଭପତିତ୍ୱକରି ଅବନୀ ବରାଳଙ୍କ ପରି ସୁଯୋଗ୍ୟ ସନ୍ତାନଙ୍କୁ ଜନ୍ମଦେଇ ଜଗତସିଂହପୁର ମାଟି ଧନ୍ୟ ହୋଇଛି ବୋଲି କହିବା ସହ ଶିକ୍ଷକ ସମାଜ ପ୍ରତି ତାଙ୍କ ଅବଦାନ ଅତୁଳନୀୟ ବୋଲି କହିଥିଲେ । ମୁଖ୍ୟ ଅତିଥିଭାବେ ଅବସରପ୍ରାପ୍ତ ନିମ୍ନମାଧ୍ୟମିକ ଶିକ୍ଷକ ସଂଘର ଉପଦେଷ୍ଟା ବିଜୟ କୁମାର ବିଶ୍ୱାଳ ତାଙ୍କ ବକ୍ତବ୍ୟରେ ଓଡିଶା ଶିକ୍ଷା ଆଇନ, ଚାକିରି ସ ର୍ ାବଳୀ, ପ୍ରତ୍ୟକ୍ଷ ଅନୁଦାନ, ୟୁଜିସି ବେତନ ଓ ପେନସନ୍ ଇତ୍ୟାଦି ସୁବିଧା ସୁଯୋଗ ଶିକ୍ଷକମାନଙ୍କୁ ପ୍ରଦାନ କ୍ଷେତ୍ରରେ ସ୍ୱର୍ଗତ ବରାଳ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିଥିଲେ । ଅନ୍ୟମାନଙ୍କ ମଧ୍ୟରେ ମୁଖ୍ୟବକ୍ତାଭାବେ ସେବାନିବୃ ରାଷ୍ଟ୍ରପତି ପୁରସ୍କାର ପ୍ରାପ୍ତ ପ୍ରଧାନଶିକ୍ଷକ ନିକୁଞ୍ଜ କିଶୋର ବେହେରା, ସମ୍ମାନନୀୟ ଅତିଥିଭାବେ ଜିଲ୍ଲା ଓଷ୍ଟାର ସମ୍ପାଦକ ନରାୟଣ ଚନ୍ଦ୍ର ବାରିକ, ପ୍ରଧାନଶିକ୍ଷୟିତ୍ରୀ ସ୍ୱାଗତିକା ମହାନ୍ତି, ଶିକ୍ଷକ ନିରଞ୍ଜନ ପଣ୍ଡା, ସୁଦର୍ଶନ ଷଡଙ୍ଗୀ, ଲତା ଦେଇ, ଶିକ୍ଷୟିତ୍ରୀ ସ୍ୱର୍ଣ୍ଣଲତା ସ୍ୱାଇଁ ପ୍ରମୁଖ ଆଲୋଚନାରେ ଭାଗନେଇ ପ୍ରଫେସର ଅବନୀ ବରାଳଙ୍କ ବହୁମୁଖୀ ପ୍ରତିଭା ସମ୍ପର୍କରେ ଆଲୋକପାତ କରିବା ସହିତ ସ୍ୱର୍ଗତ ବରାଳ ଜଣେ ବ୍ୟକ୍ତି ନୁହେଁ ,ଏକ ଅନୁଷ୍ଠାନ ଥିଲେ ମତବ୍ୟକ୍ତ କରିଥିଲେ । ଏହି ସ୍ମୃତିଚାରଣ ସଭାରେ ମନସ୍ୱିନୀ ଗାଇଡ୍ ଟ୍ରୁପର ବିଦ୍ୟାର୍ଥୀମାନେ ଉପସ୍ଥିତ ଥିଲେ । କାର୍ଯ୍ୟକ୍ରମ ପରିଚାଳନାରେ ଅନୁଷ୍ଠାନର କର୍ମଚାରୀ ହୀରାଲାଲ ବାରିକ, ମହେଶ୍ୱର ସ୍ୱାଇଁ ଓ ଲୋଚନୀ ଦେଇ ସହାୟତା କରିଥିଲେ । ଶେଷରେ ପ୍ରଶାନ୍ତ ସାହୁ ଧନ୍ୟବାଦ ଦେଇଥିଲେ । (ଫଟୋଅଛି)

# ବାଲେଶ୍ୱର ସଦର ବିଧାନସଭା ଆସନ ଉପ ନିର୍ବାଚନ: ନିର୍ଦ୍ଦିଷ୍ଟ ବର୍ଗଙ୍କ ପାଇଁ ପୋଷ୍ଟାଲ ବାଲଟ୍ ସୁବିଧା

ବାଲେଶ୍ୱର(ପିଏନ)-ବାଲେଶ୍ୱର ସଦର ବିଧାନସଭା ନିର୍ବାଚନମଣ୍ଡଳୀରେ ହେବାକୁ ଥିବା ଉପ- ନିର୍ବାଚନରେ ନିର୍ଦ୍ଦିଷ୍ଟ କିଛି ବର୍ଗର ବ୍ୟକ୍ତିବିଶେଷଙ୍କୁ ପୋଷ୍ଟାଲ ବାଲଟ୍ ସୁବିଧା ଯୋଗାଇ ଦିଆଯିବ । ଏ ସଂକ୍ରାନ୍ତରେ ଭାରତର ନିର୍ବାଚନ କମିଶନ ମାର୍ଗଦର୍ଶିକା ଜାରି କରିଛନ୍ତି । ପୂର୍ବରୁ କେବଳ ସରକାରୀ କର୍ମଚାରୀ ଏବଂ ନିର୍ବାଚନ କାର୍ଯ୍ୟରେ ନିୟୋଜିତ ଥିବା ବ୍ୟକ୍ତିବିଶେଷଙ୍କୁ ଏହି ସୁବିଧା ମିଳୁଥିବା ବେଳେ ବର୍ତ୍ତମାନ ଆହୁରି ତିନୋଟି ବର୍ଗର ବ୍ୟକ୍ତିବିଶେଷଙ୍କୁ ଏହି ସୁବିଧା ପ୍ରଦାନ କରାଯିବ । କୋଭିଡ-୧୯ ନିମନ୍ତେ ସତର୍କତା ଅବଲମ୍ବନ ପୂର୍ବକ ଏହି ତିନୋଟି ବର୍ଗର ମତଦାତାମାନଙ୍କୁ ପୋଷ୍ଟାଲ ବାଲଟ୍ ଜରିଆରେ ମତଦାନ କରିବା ପାଇଁ ନିର୍ବାଚନ କମିଶନ ଅନୁମତି ପ୍ରଦାନ କରିଛନ୍ତି । ଏହି ତିନୋଟି ବର୍ଗ ହେଲେ ୧. ବରିଷ୍ଠ ନାଗରିକ(୮୦ ବର୍ଷରୁ ଉର୍ଦ୍ଧ୍ୱ ବ୍ୟକ୍ତିବିଶେଷ) ୨. ଦିବ୍ୟାଙ୍ଗ ବ୍ୟକ୍ତି ଯାହାଙ୍କ ନାମ ମତଦାତା ସୂଚୀରେ ଚିହ୍ନିତ ହୋଇଥିବ । ୩. କୋଭିଡ୍-୧୯ରେ ଆକ୍ରାନ୍ତ ବା କୋଭିଡ-୧୯ରେ ପୀଡିତ ହୋଇଥିବା ନେଇ ସନ୍ଦେହ କରାଯାଉଥିବା ବ୍ୟକ୍ତିବିଶେଷ । ଉପରୋକ୍ତ ତିନି ଶ୍ରେଣୀର ମତଦାତାମାନଙ୍କୁ ପୋଷ୍ଟାଲ ବାଲଟ୍ ମାଧ୍ୟମରେ ମତଦାନ କରିବା ପାଇଁ ଫର୍ମ-୧୨ଘ(୧୨ଡ଼) ରେ ରିଟର୍ଣ୍ଣିଂ ଅଧିକାରୀଙ୍କୁ ଆବେଦନ କରିବାକୁ ପଡିବ । ଏହି ଫର୍ମ ବୁଥସ୍ତରୀୟ ଅଧିକାରୀ(ବି.ଏଲ.ଓ)ମାନେ ବଂଟନ କରିବେ । ଏହି ତିନି ଶ୍ରେଣୀର ମତଦାତାମାନେ ଫର୍ମ ପୂରଣ କରି ବି.ଏଲ.ଓ.ମାନଙ୍କୁ ଫେରସ୍ତ କରିବେ । ଏହା ପରେ ସେମାନଙ୍କ ନାମରେ ପୋଷ୍ଟାଲ ବାଲଟ୍ ଜାରି କରାଯିବ । ଦ୍ୱିତୀୟରେ ପୋଷ୍ଟାଲ ବାଲଟ୍‌ଗୁଡିକୁ ଏହି ତିନି ଶ୍ରେଣୀର ମତଦାତାଙ୍କ ପାଖରେ ଜଣେ ବି.ଏଲ.ଓ. ବା ଅନ୍ୟାନ୍ୟଅଧିକାରୀଙ୍କ ଜରିଆରେ ସେମାନଙ୍କ ଘରେ ପହଂଚାଇବାର ବ୍ୟବସ୍ଥା କରାଯିବ, ଯେଉଁଥିରେ ସେମାନେ ମତଦାନ କରିବା ସହିତ ଲଫାପାରେ ସିଲ୍ କରି ସମ୍ପୃକ୍ତ ଅଧିକାରୀମାନଙ୍କ ମାଧ୍ୟମରେ ଫେରାଇ ପାରିବେ । ତାଙ୍କ ଘରକୁ ଅଧିକାରୀମାନେ ଯାଇ ଏହାକୁ ସଂଗ୍ରହ କରିବେ । ପୋଷ୍ଟାଲ ବାଲଟ୍ ଗ୍ରହଣ କରିବା ପାଇଁ ବି.ଏଲ.ଓ. କିମ୍ବା ଅନ୍ୟାନ୍ୟ ଅଧିକାରୀମାନେ ୨ଥର ମତଦାତାଙ୍କ ଘରକୁ ଯିବେ । ସେହି ୨ ଥର ମଧ୍ୟରେ ମତଦାତାମାନେ ତାଙ୍କର ପୋଷ୍ଟାଲ ବାଲଟ୍ ପୂରଣ କରି ଫେରସ୍ତ କରିବା କାର୍ଯ୍ୟ ଯେପରି ସମାପନ କରିବେ, ତାହାକୁ ସୁନିଶ୍ଚିତ କରିବେ । ଜିଲ୍ଲା ନିର୍ବାଚନ ଅଧିକାରୀ ତଥା ଜିଲ୍ଲାପାଳ, ବାଲେଶ୍ୱରଙ୍କ ତରଫରୁ ମତଦାତାମାନଙ୍କୁ ସୂଚୀତ କରାଯାଉଛି ଯେ ପୋଷ୍ଟାଲ ବାଲଟ୍ ମାଧ୍ୟମରେ ମତଦାନ କରିବା ବାଧ୍ୟତାମୂଳକ ନୁହେଁ । ଦ୍ୱିତୀୟତଃ ଏହା ମଧ୍ୟ ସର୍ବସାଧାରଣଙ୍କୁ ଜଣାଇ ଦିଆଯାଉଛି ଯେ ଥରେ ପୋଷ୍ଟାଲ ବାଲଟ୍ ମାଧ୍ୟମରେ ମତଦାନ ପାଇଁ ସମ୍ମତି ପ୍ରଦାନ କରିବା ପରେ ସେହି ବ୍ୟକ୍ତିବିଶେଷ ପୋଲିଂ ବୁଥରେ ଯାଇ ଭୋଟ୍ ଦେଇପାରିବେ ନାହିଁ । ନିର୍ବାଚନ ପାଇଁ ବିଜ୍ଞପ୍ତି ଆସନ୍ତା ଅକ୍ଟୋବର ୯ତାରିଖରେ ପ୍ରକାଶ ପାଇବାକୁ ଥିବା ବେଳେ ପୋଷ୍ଟାଲ ବାଲଟ୍ ପାଇଁ ଫର୍ମ-୧୨ଘ(୧୨ଡ଼)କୁ ବୁଥସ୍ତରୀୟ ଅଧିକାରୀ(ବି.ଏଲ.ଓ) ବା ଅନ୍ୟାନ୍ୟ ଅଧିକାରୀ ୯ତାରିଖରୁ ୧୩ତାରିଖ ମଧ୍ୟରେ ଉପରବର୍ଣ୍ଣିତ ବର୍ଗର ମତଦାତାମାନଙ୍କୁ ବଂଟନ କରିବା ସହ ଦରଖାସ୍ତଗୁଡିକୁ ସଂଗ୍ରହ କରିବେ । ପୋଷ୍ଟାଲ ବାଲଟ୍ ବ୍ୟବସ୍ଥାର ସୁପରିଚାଳନା ପାଇଁ ନୀଳଗିରି ଉପ-ଜିଲ୍ଲାପାଳ ଶ୍ରୀ ହରିଶ ଚନ୍ଦ୍ର ଜେନାଙ୍କୁ ନୋଡାଲ୍‌ଅଫିସର ଭାବେ ଦାୟିତ୍ୱଦିଆଯାଇଛି । ଏ ସମ୍ପର୍କରେ କୌଣସି ସନ୍ଦେହ ଥିଲେ ତାଙ୍କ ମୋ. ନମ୍ବର-୯୪୩୭୧୭୪୫୧୩ରେ ଯୋଗାଯୋଗ କରିବାକୁ କୁହାଯାଇଛି । ଏହି କାର୍ଯ୍ୟକ୍ରମକୁ ସଫଳ କରିବା ପାଇଁ ଜିଲ୍ଲାପାଳ ଶ୍ରୀ କେ.ସୁଦର୍ଶନ ଚକ୍ରବର୍ତୀ ସମସ୍ତ ରାଜନୈତିକ ଦଳ ଓ ଜନସାଧାରଣଙ୍କୁ ସହଯୋଗ କରିବା ପାଇଁ ନିବେଦନ କରିଛନ୍ତି ।

# ଗନ୍ଧମାର୍ଦ୍ଧନ ଲୋଡିଂ ଏଜେନ୍ସି ତରଫରୁ ଜେଲ ଅନ୍ତେବାସୀଙ୍କୁ ମାସ୍କ ଏବଂ ହ୍ୟାଣ୍ଡ ଫ୍ରି ସାନିଟାଇଜର ପ୍ରଦାନ

କେନ୍ଦୁଝର,(ପିଏନ): କେନ୍ଦୁଝର ଜିଲ୍ଲା କାରାଗାରରେ ଥିବା ଅନ୍ତେବାସୀଙ୍କ ସୁରକ୍ଷା ଏବଂ କୋଭିଡ-୧୯ ସଂକ୍ରମଣ ରୋକିବା ପାଇଁ ଶୁଆକାଟୀସ୍ଥିତ ଗନ୍ଧମାର୍ଦ୍ଧନ ଲୋଡିଂ ଏଜେନ୍ସି ପକ୍ଷରୁ ମଙ୍ଗଳବାର ଦିନ ୬୦୦ମାସ୍କ,ସାନିଟାଇଜର,୪୦ଟି ହ୍ୟାଣ୍ଡ ଗ୍ଲୋବସ,ହ୍ୟାଣ୍ଡ ଫ୍ରି ସାନିଟାଇଜର,୨୦ଟି ପିପିଇ କିଟ,୬୦୦ ସାବୁନ ଦିଆଯାଇଛି । ଏହି ହ୍ୟାଣ୍ଡ ଫ୍ରି ସାନିଟାଇଜରରେ ହାତ ନଲଗାଇ ପ୍ୟାଡେଲ ମାଧ୍ୟମରେ ଗୋଡରେ ଚାପ ଦେଇ ହାତକୁ ସାନିଟାଇଜ କରାଯାଇପାରିବ । ଜେଲ ଅଧିକ୍ଷକ ଗରିବ ସାହୁ,ଜେଲର ଅମୀୟ ବେହେରା,ଆସିଷ୍ଟା ଜେଲର ମହେଶ୍ୱର କୁଜୁର,କାରା ମଙ୍ଗଳ ଅଧିକାରୀ ପୂଜା ନାୟକ,ୱାର୍ଡର ସ୍ୱାଗତ କୁମାର ରଥଙ୍କ ଉପସ୍ଥିତିରେ ଲୋଡିଂ ଏଜେନ୍ସି ର ସମ୍ପାଦକ ଅଞ୍ଜନ କୁମାର ବେଜ,ପ ାନନ ବାରିକ ଏହି ସାମଗ୍ରୀ ପ୍ରଦାନ କରିଛନ୍ତି । ଲୋଡିଂ ଏଜେନ୍ସି ପକ୍ଷରୁ ଜେଲ ଅନ୍ତେବାସୀଙ୍କୁ ଏହି ସାମଗ୍ରୀ ପ୍ରଦାନ କରାଯାଇଥିବାରୁ ଜେଲ ତରଫରୁ ସାଧୁବାଦ ଜ୍ଞାପନ କରାଯାଇଛି ।

# ଖଟିଖିଆଙ୍କୁ ମାଗଣା ଖାଦ୍ୟ, ୬ ମାସ ପାଇଁ ପ୍ରତି ପରିବାରକୁ ଆର୍ଥିକ ସହାୟତା ଦାବିରେ ସିପିଆଇଏମ୍‌ର ବିକ୍ଷୋଭ

ଭଦ୍ରକ, (ପିଏନ)- ସିପିଆଇଏମ୍ ପଲିଟି ବ୍ୟୁରୋ ଡାକରାରେ ସାରା ଦେଶରେ ଗତ ୧୭ ତାରିଖ ଠାରୁ ମୋଦି ସରକାର ବିରୋଧୀ ଆନ୍ଦୋଳନ ଜାରି ରହିଛି । ଏହି ପରିପ୍ରେକ୍ଷୀରେ ବିଭିନ୍ନ ଦାବି ନେଇ ସିପିଆଇଏମ ଭଦ୍ରକ ଜିଲ୍ଲା କମିଟି ପକ୍ଷରୁ ସ୍ଥାନୀୟ ବନ୍ତ ଛକଠାରେ ବିକ୍ଷୋଭ ପ୍ରଦର୍ଶନ କରାଯାଇଛି । ସମଗ୍ର ବିଶ୍ୱ କରୋନା ମହାମାରୀ କବଳରେ ରହିଛି । ଭାରତ ବର୍ଷ ମଧ ଏଥିରୁ ବାଦ୍ ପଡିନାହିଁ । ଦେଶବାସୀଙ୍କ ଜୀବନ ଓ ଜୀବିକା ସଂକଟମୟ ସ୍ଥିତି ମଧ୍ୟରେ ଗତି କରୁଛି । ଏଭଳି ସମୟରେ କେନ୍ଦ୍ରର ମୋଦି ସରକାର ସଂସଦରେ ଏ ବିଷୟ ଆଲୋଚନା ନ କରି କୃଷିଜାତ ଦ୍ରବ୍ୟ ଡାଲି, ଧାନ, ଆଳୁ, ପିଆଜକୁ ୩ଟି ଅଧ୍ୟାଦେଶ ଜରିଆରେ କର୍ପୋରେଟ କମ୍ପାନୀ ହାତକୁ ଟେକି ଦେଇଛି । ସମସ୍ତ ରାଷ୍ଟ୍ରାୟ ଶିଳ୍ପ ଯଥା ରେଳବାଇ, ବିମାନ ସେବା, ବ୍ୟାଙ୍କ, ଡାକ, ବୀମା, ଖଣିକୁ ଶାଗମାଛ ଦରରେ ଆଦାନୀ, ଅମ୍ବାନୀ ତଥା ବିଦେଶୀ କର୍ପୋରେଟ କମ୍ପାନୀକୁ ଟେକି ଦିଆଯାଉଛି ବୋଲି ବିକ୍ଷୋଭ ଅବସରରେ ଆରୋପ କରାଯାଇଛି । ଦେଶରେ ପେଟ୍ରୋଲ, ଡିଜେଲର ଦରବୃଦ୍ଧିକୁ ନିୟନ୍ତ୍ରଣ କରିବା, ଅତ୍ୟାବଶ୍ୟକ ସାମଗ୍ରୀର ମୂଲ୍ୟରେ ସ୍ଥିରତା ଆଣିବା, କରୋନା ମହାମରୀ ଜନିତ ଗରିବ ଖଟିଖିଆ ରିକ୍ସା ଚାଳକ, ନିର୍ମାଣ ଶ୍ରମିକ, ପରିବହନ ଶ୍ରମିକ, ବନ୍ଦର ଶ୍ରମିକ, ଟ୍ରଲି ଚାଳକ ଭଳି ପରିବାରକୁ ମାଗଣା ଖାଦ୍ୟ ଯୋଗାଣ ଓ ପ୍ରତି ପରିବାରକୁ ୬ ମାସ ପାଇଁ ମାସିକ ୭୫୦୦ ଟଙ୍କା ଆର୍ଥିକ ସହାୟତା ଯୋଗାଇବାକୁ ବିକ୍ଷୋଭ ସଭାରେ ଦାବି କରାଯାଇଛି । ପାର୍ଟିର ଜିଲ୍ଲା କମିଟି ସମ୍ପାଦକ ଦିବ୍ୟସିଂହ ନାୟକଙ୍କ ନେତୃତ୍ୱରେ ଅନୁଷ୍ଠିତ ସଭାରେ ସେକ୍ କାସିମ, ସେକ୍ ମନୱର, ସେକ୍ ସିକ୍ରୁ, ଗେଜ ମୁଣ୍ଡା, ମ ୁ ମୁଣ୍ଡା, ସେକ୍ ହାଦିକ, ସନାତନ ଦାସ, ସନ୍ତୋଷ ରାଉତ, ସେକ୍ କମର, ସେକ୍ ଅବଦୁଲ ରହେମାନ, ଜଗନ୍ନାଥ ରାଓ, ରାଜୁ ରାଓ, ମେହେମୁଦ୍ ପ୍ରମୁଖ ବିକ୍ଷୋଭ ସଭାରେ ସାମିଲ ହୋଇଥିଲେ ।

# କାରଖାନା ବନ୍ଦ ପାଇଁ ଚକ୍ରାନ୍ତ, ବଢୁଛି ଅସନ୍ତୋଷ

କେନ୍ଦୁଝର, (ପିଏନ): କେନ୍ଦୁଝର ଜିଲ୍ଲାରେ ଖଣିଜ ସଂପଦର ସଦୁପଯୋଗ କରିବା ପାଇଁ ଶିଳ୍ପ ପ୍ରତିଷ୍ଠା ଜରୁରୀ ହୋଇପଡିଛି । ବହୁ କମ୍ପାନୀ ଶିଳ୍ପ ନକରି ଖଣିଜ ପଥର ଚାଲାଣ କରି ଲାଭବାନ ହେଉଥିବାବେଳେ କେତେକ କମ୍ପାନୀ ଖଣିଜ ପଥର ସଦୁପଯୋଗ କରିବା ସହ ଜିଲ୍ଲାର ବିକାଶ ଓ ସ୍ଥାନୀୟ ଅ ଳର ବେକାର ଯୁବକ ଯୁବତୀଙ୍କ ନିଯୁକ୍ତିକୁ ଆଖି ଆଗରେ ରଖି ଶିଳ୍ପ ପ୍ରତିଷ୍ଠା କରିଛନ୍ତି । ତେବେ କେତେକ ମୁଷ୍ଟିମେୟ ନ୍ୟସ୍ତସ୍ୱାର୍ଥ ବ୍ୟକ୍ତି ନିଜର ଫାଇଦା ପାଇଁ ସ୍ଥାନୀୟ ସରଳ ଗରୀବ ଲୋକଙ୍କୁ ମତାଇ ଉକ୍ତ ଶିଳ୍ପ ବନ୍ଦ ପାଇଁ ଚକ୍ରାନ୍ତ ଚଳାଇ ଆସୁଥିବାରୁ ଅସନ୍ତୋଷ ବଢିବାରେ ଲାଗିଛି । ଏଭଳି ଘଟଣା ବାଂଶପାଳ ବ୍ଲକ ଅଁରା ଗ୍ରାମରେ ପ୍ରତିଷ୍ଠିତ ହୋଇଥିବା ଶ୍ରୀ ମେଟାଲିକ୍ସ କାରଖାନାକୁ ବନ୍ଦ କରିବା ପାଇଁ ଷଡଯନ୍ତ୍ର କରାଯାଉଥିବା ନେଇ ସ୍ଥାନୀୟ ଲୋକ କେନ୍ଦୁଝର ଜିଲ୍ଲାପାଳଙ୍କଠାରେ ମଙ୍ଗଳବାର ଦିନ ଅଭିଯୋଗ କରିଛନ୍ତି । ଏହି କାରଖାନା ଆଦିବାସୀ ଅଧ୍ୟୁଷିତ ଅ ଳରେ ନିଯୁକ୍ତି ସୁଯୋଗ ସୃଷ୍ଟି କରିବା ପାଇଁ ୨୦୧୦ ମସିହାରେ ପ୍ରତିଷ୍ଠା ହୋଇ କାର୍ଯ୍ୟକ୍ଷମ ହୋଇଥିଲା । ଏହାଦ୍ୱାରା କାମ ଆଶାରେ ଜମି ଦେଇଥିବା ଶତାଧିକ ପରିବାର ପ୍ରତ୍ୟକ୍ଷ ଓ ପରୋକ୍ଷ ଭାବେ ଉପର ରାଇଗୋଡା ପ ାୟତ ସମେତ ମଳଦା,ଫୁଲଝର,କୁମୁଣ୍ଡି,ଶୁଆକାଟୀ,ବାଂଶପାଳ ଆଦି ପ ାୟତର ବହୁ ବେକାର ଯୁବକ ଉପକୃତ ହୋଇ ଆସୁଥିଲେ । ତେବେ କେତେକ କୁଚକ୍ରୀ ଗୋଷ୍ଠୀଙ୍କ ଚକ୍ରାନ୍ତରେ ୨୦୧୪ ମସିହାରେ କାରଖାନା ବନ୍ଦ ହୋଇଯାଇଥିଲା । ଉକ୍ତ ସମୟରେ ସ୍ଥାନୀୟ ଲୋକେ କାମଧନ୍ଦା ହରାଇ ଆର୍ଥିକ ଦୁର୍ଦ୍ଦଶାର ସମ୍ମୁଖୀନ ହୋଇଥିଲେ । କାରଖାନା ପାଇଁ ଜମି ଦେଇଥିବା ଲୋକମାନେ ବାଧ୍ୟ ହୋଇ ଭିଟାମାଟି ଛାଡି କାମଧନ୍ଦା ପାଇଁ ବାହାରକୁ ପଳାଇବାକୁ ବାଧ୍ୟ ହୋଇଥିଲେ । ପରେ ଜମିହରା ଲୋକଙ୍କ ଅନୁରୋଧ ଓ ଅନୁକୂଳ ପରିବେଶ ସୃଷ୍ଟି ହେବା ପରେ ୨୦୧୭ ରେ ପୁନଃ ସ୍ଥାନୀୟ ଲୋକଙ୍କ ସହଯୋଗରେ କାରଖାନା ଚାଲୁ ହୋଇଥିଲା । ଏବେ କେତେକ ନ୍ୟସ୍ତ ସ୍ୱାର୍ଥବାଦୀ ଲୋକ ନିଜର ଫାଇଦା ପାଇଁ ଗରୀବ ଓ ନିରୀହ ଆଦିବାସୀଙ୍କୁ ପ୍ରଲୋଭିତ କରି କାରଖାନାରେ ବିଶୃଙ୍ଖଳା ସୃଷ୍ଟି କରି ବନ୍ଦ କରିବା ପାଇଁ ଉଦ୍ୟମ ଚଳାଇଛନ୍ତି । ଅନେକ ସମୟରେ ମିଥ୍ୟା ଓ ଭି ି ହୀନ ଅଭିଯୋଗ କରି କାରଖାନା କ ୃପକ୍ଷଙ୍କୁ ବିବାଦ ଘେରକୁ ଟାଣି ନେବାକୁ ଚେଷ୍ଟା କରିବା ସହ ଉ େଜନା ପରିସ୍ଥିତି ସୃଷ୍ଟି କରୁଛନ୍ତି । ସେମାନେ ଗରୀବ ଲୋକଙ୍କୁ ପ୍ରଲୋଭିତ କରି କିମ୍ବା ଧମକଚମକ ଦେଇ କାରଖାନାରେ କାମ କରିବାକୁ ବାରଣ କରୁଛନ୍ତି । ସେମାନଙ୍କୁ ହାତବାରିସି କରି ହିଂସାତ୍ମକ ଆନ୍ଦୋଳନ କରିବା ସହ ଅରାଜକତା ସୃଷ୍ଟି କରି ଶ୍ରୀ ମେଟାଲିକ୍ସ ପ୍ଲା କୁ ବନ୍ଦ କରିବାକୁ ଉଦ୍ୟମ ଚଳାଇଛନ୍ତି । କାରଖାନା ବନ୍ଦ ହେଲେ ଶହ ଶହ ଜମିହରା ଗ୍ରାମବାସୀ ଏବଂ କାରଖାନା ଉପରେ ନିର୍ଭରଶୀଳ ସ୍ଥାନୀୟ ଅ ଳର ଅଧିବାସୀ ଜୀବନଜୀବିକା ହରାଇବେ ଓ କରୋନା ମହାମାରୀ ସମୟରେ କାମଧନ୍ଦା ହରାଇ ସେମାନଙ୍କର ଆର୍ଥିକ ସ୍ଥିତି ଦୋହଲିଯିବ । ଏଣୁ ଏଥିରେ ଜିଲ୍ଲା ପ୍ରଶାସନ ହସ୍ତକ୍ଷେପ କରି କୁଚକ୍ରୀ ଷଡଯନ୍ତ୍ରକାରୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରି କାରଖାନାକୁ ଶାନ୍ତିପୂର୍ଣ୍ଣ ଭାବରେ ପରିଚାଳନା କରିବାକୁ ଅଁରା ଗ୍ରାମବାସୀ ଓ ଶ୍ରୀ ରାଧାକୃଷ୍ଣ ଗ୍ରାମ କମିଟି ତରଫରୁ ଅନୁରୋଧ କରାଯାଇଛି । ଏହାର ଏକକିତା ନକଲ ମୁଖ୍ୟ ଶାସନ ସଚିବଙ୍କୁ ପ୍ରଦାନ କରିବା ସହ କେନ୍ଦୁଝର ଉପଜିଲ୍ଲାପାଳ,ସଦର ଏସ୍‌ଡିପିଓ, ବାଂଶପାଳ ତହସିଲଦାର, ନୟାକୋଟ ଥାନା ଅଧିକାରୀଙ୍କୁ ପ୍ରଦାନ କରିଛନ୍ତି ।

### ଭୁବନ ସିଏଚସିରେ ୬୧ ଜଣଙ୍କର ଆଂଟିଜେନ ଟେଷ୍ଟ ହେଲା

ଭୁବନ, (ପିଏନ)- ଭୁବନ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଗତ ଅଗଷ୍ଟ ୧୧ ତାରିଖ ମଙ୍ଗଳବାର ଠାରୁ ଆଂଟିଜେନ ଟେଷ୍ଟିଂ ଆରମ୍ଭ ହୋଇଥିବା ବେଳେ ଆଜି ସମୁଦାୟ ୬୧ ଜଣ ବ୍ୟକ୍ତି ଟେଷ୍ଟିଂ କରିଥିଲେ । ତେବେ ଆଜି ସୁଦ୍ଧା ୨୩୬୯ ଜଣ ବ୍ୟକ୍ତି ଆଂଟିଜେନ ଟେଷ୍ଟ କରିଥିବା ଜଣାପଡିଛି । ଭୁବନ ଏନଏସିରେ ଦିନକୁ ଦିନ ଥଣ୍ଡା,କାଶ,ଜ୍ୱର ସହିତ କରୋନା ସଂକ୍ରମିତ (ପଜିଟିଭ) ଙ୍କ ସଂଖ୍ୟା ବୃଦ୍ଧି ପାଇ ପାଖାପାଖି ୫ ଶହରେ ପହଁଚିଥିବାରୁ ଲୋକମାନେ ନିଜର ସୁରକ୍ଷା ଓ ସ୍ୱାସ୍ଥ୍ୟରକ୍ଷା ପାଇଁ ଅଧିକ ରୁ ଅଧିକ ସଂଖ୍ୟାରେ ଆଂଟିଜେନ ଟେଷ୍ଟ କରିବାକୁ ଡାକ୍ତରଖାନାରେ ଗହଳି କରୁଥିବା ଦେଖିବାକୁ ମିଳୁଛି ।

# ଉପଖଣ୍ଡ ଚିକିତ୍ସାଳୟରେ ବ୍ଲଡ ଷ୍ଟୋରେଜ ୟୁନିଟ୍‌କୁ କାର୍ଯ୍ୟକ୍ଷମ ଦାବୀ

ନୂଆପଡା, (ପିଏନ)- ନୂଆପଡା ଜିଲ୍ଲା ଖଡିଆଳ ସ୍ଥିତ ଉପଖଣ୍ଡ ସ୍ୱାସ୍ଥ୍ୟ କେନ୍ଦ୍ରରେ ଗତ ୩ ବର୍ଷ ତଳେ ବ୍ଲଡ ଷ୍ଟୋରେଜ ୟୁନିଟ ଖୋଲାଯାଇଥିଲା । ହେଲେ ଆବଶ୍ୟକ ରକ୍ତ ସଂଗ୍ରହ ହୋଇ ପାରୁନଥିବା ଯୋଗୁଁ ଏହି ୟୁନିଟ ବନ୍ଦ କରି ଦିଆଯାଇଥିବା ଜଣାପଡିଛି । ଫଳରେ ଏହି ୟୁନିଟକୁ ତୁରନ୍ତ କାର୍ଯ୍ୟକ୍ଷମ କରିବାକୁ ସାଧାରଣରେ ଦାବୀ ହେଉଛି । ନୂଆପଡା ଜିଲ୍ଲାର ପ୍ରମୁଖ ଏବଂ ମୁଖ୍ୟସ୍ଥଳୀ ଭାବରେ ଖଡିଆଳ ଜଣାଶୁଣା । ଏଠାରେ ରକ୍ତ ଅଭାବରୁ ଅନେକ ରୋଗୀ ଉପଯୁକ୍ତ ଚିକିତ୍ସା ସେବା ପାଇ ପାରୁନଥିବା ବେଳେ ବ୍ଲଡ ଷ୍ଟୋରେଜ ୟୁନିଟର ନିତାନ୍ତ ଆବଶ୍ୟକତା ରହିଛି । ରାଜ୍ୟ ସରକାର ତଥା ଜିଲ୍ଲା ପ୍ରଶାସନ ତରଫରୁ ପ୍ରତିମାସରେ ରକ୍ତଦାନ ଶିବିର ଆୟୋଜନ କରି ଆବଶ୍ୟକ ରକ୍ତ ମହଜୁଦ ରଖିବାକୁ ଇତିପୂର୍ବେ ଖଡିଆଳ ଉପଖଣ୍ଡ ଚିକିତ୍ସାଧିକାରୀଙ୍କୁ ନିର୍ଦ୍ଦେଶ ଦେଇଥିଲେ । ତଦନୁରୁପ ଖଡିଆଳ ଉପଖଣ୍ଡ ଚିକିତ୍ସାଧିକାରୀ ରକ୍ତଦାନ ଶିବିର ଆୟୋଜନ ପାଇଁ ବୈଠକ ମଧ୍ୟ କରିଥିଲେ । କିନ୍ତୁ କୌଣସି କାରଣ ନଥାଇ ତାହାକୁ ବିନା କାରଣରେ ବନ୍ଦ କରି ଦିଆଯାଇଛି । ଖଡିଆଳ ସ୍ୱାସ୍ଥ୍ୟ କେନ୍ଦ୍ରକୁ ପ୍ରସୂତୀ ଅସ୍ତ୍ରୋପ୍ରଚାର କେନ୍ଦ୍ର ରୁପେ ଜିଲ୍ଲା ପ୍ରଶାସନ ସ୍ୱୀକୃତି ଦେଇଥିବା ବେଳେ ଆନୁସାଙ୍ଗିକ ବ୍ୟବସ୍ଥା ନହେବା କାରଣରୁ ଅନେକ ଗର୍ଭବତୀ ମହିଳା ମାନେ ସ୍ୱାସ୍ଥ୍ୟକେନ୍ଦ୍ରରେ ପ୍ରସବ କରିବାକୁ ବିଫଳ ହେଉଛନ୍ତି । ଖଡିଆଳ ସ୍ୱାସ୍ଥ୍ୟକେନ୍ଦ୍ରରେ ଦୈନିକ ଦୈନିକ ୧୦ ରୁ ଉର୍ଦ୍ଧ ମାଁ ପ୍ରସବ କରୁଛନ୍ତି । କିନ୍ତୁ ଅନେକ ମାଁଙ୍କୁ ରକ୍ତ ମିଳୁନଥିବା ଯୋଗୁଁ ଶିଶୁ ଜନ୍ମ ଦେଲା ପରେ ମଧ୍ୟ ନୂଆପଡା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ପ୍ରସୂତୀଙ୍କୁ ନେବାକୁ ବାଧ୍ୟ ହେଉଛନ୍ତି । ବ୍ଲଡ ଷ୍ଟୋରେଜ ୟୁନିଟ କାର୍ଯ୍ୟକ୍ଷମ ହେଲେ ଅନେକ ପ୍ରସୂତୀ ମାଁ ସମେତ ଅନ୍ୟାନ୍ୟ ରୋଗୀ ମାନେ ଉପକୃତ ହୋଇପାରନ୍ତେ ବୋଲି ଖଡିଆଳ ବୁଦ୍ଧିଜିବୀ ପ୍ରକାଶ କରିଛନ୍ତି । ଜିଲ୍ଲା ପ୍ରଶାସନ ତୁରନ୍ତ ଦୃଷ୍ଟି ଦେଇ ବ୍ଲଡ ଷ୍ଟୋରେଜ ୟୁନିଟକୁ କାର୍ଯ୍ୟକ୍ଷମ କରିବାକୁ ସାଧାରଣରେ ଦାବୀ ହେଉଛି ।

# ୩୦ ବର୍ଷର ଫଳପୁରର ଜଙ୍ଗଲ ଜମି ଏବେ ବ୍ୟକ୍ତିଗତଙ୍କ ନାଁରେ : ଆନ୍ଦୋଳନ ପାଇଁ ୫ ପଂଚାୟତବାସୀ ଏକଜୁଟ

ଭଦ୍ରକ, (ପିଏନ)- ଭଦ୍ରକ ଜିଲା ଧାମନଗର ତହସିଲ ଅଧିନରେ ଥିବା ବିଭିନ୍ନ ଗୋଚର, ଅନାବାଦୀ ଓ ଜଙ୍ଗଲ ଜମିକୁ କେତେକ ଜମି ଦଲାରୀ ଚଂଚକତା କରି ନିଜ ନାମରେ କରି ନେଇଥିବା ଅଭିଯୋଗ ହୋଇଛି । ଏପରିକି ଉକ୍ତ ଜମିରେ ସଂପୃକ୍ତ ଦଲାରୀମାନେ ପକ୍କାଘର ସହିତ ଜବରଦଖଲ କରିବାରେ ସକ୍ଷମ ହୋଇଛନ୍ତି । ଏନେଇ ବିଭିନ୍ନ ମହଲରୁ ବାରମ୍ବାର ଅଭିଯୋଗ ସତ୍ୱେ ବି ସେମାନଙ୍କ ବିରୋଧରେ କୌଣସି କାର୍ଯ୍ୟାନୁଷ୍ଠାନ ହେଉନଥିବା ଅଭିଯୋଗ ହୋଇଛି । ଏହାକୁ ନେଇ ଅଂଚଳବାସୀଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି । ପ୍ରକାଶ ଥାଉକି ଧାମନଗର ତହସିଲ ଅନ୍ତର୍ଗତ ଭଙ୍ଗସାହି ପଂଚାୟତ ଫଳପୁର ମୌଜାର ତଫସିଲ ଗ୍ରାମ୍ୟ ଜଙ୍ଗଲ ବୃତିକୁ ଚଂଚକତା କରି ଧୁଷୁରୀ ଅଂଚଳର ଜନୈକ ବ୍ୟକ୍ତି ନିଜ ନାମରେ ପଟ୍ଟା କରିନେଇଥିବା ଜଣାଯାଇଛି । ଅଭିଯୋଗରୁ ଜଣାଯାଇଛି ଯେ, ଜମିଦାରୀ ସମୟରେ ସୁଶିଳାବାଳା ଦାସୀ ନାମରେ ଉକ୍ତ ତଫସିଲ ରେକର୍ଡ ଦରଜ ଥିଲା । ସାବକରେ ଏହାର ଖାତା ନଂ-୧୩୫ ଅବଂ ପ୍ଲଟ ନଂ-୧୫୬୦ ଓ ୧୫୬୧, ରକବା ୨ଏକର ୧୧ ଡିସିମିଲ ଥିଲା । ତତ୍‌ପରେ ଉକ୍ତ ତଫସିଲ ହାଲ ବନ୍ଦୋବସ୍ତରେ ରାଧାକାନ୍ତ ବୋଷ ପିତା-ରାମକୃଷ୍ଣ ବୋଷ, ବାସସ୍ଥାନ-କୋଠାରରେ ରେକର୍ଡ ଦରଜ ଥାଇ ପୁନର୍ନ୍ବାର ରାଧାକାନ୍ତ ବୋଷଙ୍କ ଦୁଇ କନ୍ୟା ରାଜେଶ୍ୱରୀ ଦେ ଓ ତନୁଶ୍ରୀ ମିତ୍ରଙ୍କ ନାମରେ ରେକର୍ଡ ହୋଇଥିଲେ ହେଁ ପ୍ରକୃତପକ୍ଷେ ସେମାନେ କେହିଁ ଏହି ଜଙ୍ଗଲ ଜମିରେ ଦଖଲଦାରୀ ନଥିଲେ । ପରବର୍ତୀ ସମୟରେ ଧୁଷୁରୀ ଅଂଚଳର ଜନୈକ ବ୍ୟକ୍ତି ସେମାନଙ୍କ ଠାରୁ ଚଂଚକତା କରି ଉକ୍ତ ଜଙ୍ଗଲ ଜମିକୁ ନିଜ ନାମରେ କରି ପଟ୍ଟା ପାଇବାରେ ସକ୍ଷମ ହୋଇଛନ୍ତି । ଏହି ଚଂଚକତା ଘଟଣା ଜଣାପଡିବା ପରେ ଆଖପାଖ ଅଂଚଳର ଭଙ୍ଗସାହି ସମେତ ନଦୀଗାଁ, ଦଳାଙ୍ଗ, ଅର୍ଜୁନପୁର ଓ ବୟାଙ୍ଗଡିହ ଆଦି ପଂଚାୟତର ଶହଶହ ଜନସାଧାରଣଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇଛି । ଉକ୍ତ ଗ୍ରାମ୍ୟ ଜଙ୍ଗଲରେ ପାରିପାର୍ଶ୍ୱରେ ଅରଳେଶ୍ୱର ମହାଦେବ ମନ୍ଦିର, ଶନିଦେବଙ୍କ ମନ୍ଦିର, କଣ୍ଡିଆଶୁଣି ଏବଂ ପ୍ରଭୁ ଶ୍ରୀ ଜଗନ୍ନାଥଙ୍କ ଅସ୍ଥାନ ରହିଛି । ମଧଭାଗରେ ପ୍ରଧାନମନ୍ତ୍ରୀ ଗ୍ରାମ୍ୟ ସଡକ ରାସ୍ତା ଏବଂ ଜଙ୍ଗଲର ଚତୁର୍ପାର୍ଶ୍ୱରେ କଣ୍ଡିଆ ଓ ଗେଙ୍ଗୁଟି ନଦୀ ଥିବାରୁ ପରିବେଷକୁ ସୁନ୍ଦର କରିଛି । ଏନେଇ ଉକ୍ତ ୫ଟି ପଂଚାୟତର ଶତାଧିକ ଜନସାଧାରଣ ଏହି ଗ୍ରାମ୍ୟ ଜଙ୍ଗଲ ପରିସରରେ ଥିବା କଣ୍ଡିଆଶୁଣୀ ପୀଠରେ ଏକତ୍ରିତ ହୋଇ ପରବର୍ତୀ କାର୍ଯ୍ୟପନ୍ଥା ନିମନ୍ତେ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି । ୩୦ ବର୍ଷ ଧରି ସରକାରଙ୍କ ଏହି ସ୍ଥାନ ଗ୍ରାମ୍ୟ ଜଙ୍ଗଲର ମାନ୍ୟତା ପାଇଥିଲା ବେଳେ କିପରି ଭାବେ ଏହି ଜମିକୁ ସଂପୃକ୍ତ ବ୍ୟକ୍ତିଙ୍କ ନାମରେ ରେକର୍ଡଭୁକ୍ତ କରାଗଲା । ଏହି ର୍‍ୟାକେଟ ପଛରେ କେଉଁ ସରକାରୀ ଅଧିକାରୀଙ୍କ ହାତ ଅଛି ତାହାକୁ ତୁରନ୍ତ ବାହାର କରିବା ସହିତ ଜଙ୍ଗଲ ଜମିକୁ ସୁରକ୍ଷା ଦେବା ପାଇଁ ଏକ ପ୍ରତିନିଧି ଦଳ ଆଗାମୀ ଦିନରେ ଭଦ୍ରକ ଜିଲାପାଳଙ୍କୁ ଭେଟି ଦାବିପତ୍ର ପ୍ରଦାନ କରିବାକୁ ସ୍ଥିର କରାଯାଇଛି । ଏଥିସହ ଧାମନଗର ତହସିଲଦାରଙ୍କ ସମେତ ମୁଖ୍ୟମନ୍ତ୍ରୀ, ଆରଡିସି, ରାଜସ୍ୱ ଓ ଜଙ୍ଗଲ ବିଭାଗର ମନ୍ତ୍ରୀ, ସାଂସଦ, ସ୍ଥାନୀୟ ବିଧାୟକ ଓ ପଂଚାୟତ ସମିତି ଅଧ୍ୟକ୍ଷଙ୍କୁ ଏକ ଲିଖିତ ଅଭିଯୋଗ ପତ୍ର ପ୍ରଦାନ କରାଯିବା ପାଇଁ ନିଷ୍ପତି ହୋଇଛି । ଏହି ବୈଠକରେ ସମାଜସେବୀ ମଧୁସୂଦନ ମହାନ୍ତିଙ୍କ ସଭାପତିତ୍ୱରେ ନାରାୟଣ ଚନ୍ଦ୍ର ନାୟ, ସଂଜୟ କୁମାର ମହାପାତ୍ର, ଉମେଶ ଚନ୍ଦ୍ର ମହାନ୍ତି, ସମିତିସଭ୍ୟ ବିରଜା ପ୍ରସନ୍ନ ରାଉତ, ବିଶ୍ୱଜିତ ପତି, ସଂଜିବ କୁମାର ସାହୁ, ଦୁଃଶାସନ ପଣ୍ଡା, ପ୍ରମୋଦ କୁମାର ମହାନ୍ତି, ମନୋଜ କୁମାର ମହାନ୍ତି, ଗୋଲେଖ ଚନ୍ଦ୍ର ମହାନ୍ତି, ହରେକୃଷ୍ଣ ମହାଲିକ, ଆନନ୍ଦଚନ୍ଦ୍ର ମହାପାତ୍ର, ବାବାଜୀ ଚରଣ ନାୟକ, ପ୍ରଦୀପ ମହାପାତ୍ର, ସନ୍ଦିପ ମହାନ୍ତି, ଜନ୍ମଜୟ ପତି, ବୁଲୁ ପଣ୍ଡା, ଉପେନ୍ଦ୍ର ମହାପାତ୍ର, ରାମଚନ୍ଦ୍ର ସାହୁ, ପ୍ରଦୀପ ନାୟକ, ଦିପ୍ତି ମହାପାତ୍ର, କ୍ଷେତ୍ରବାସୀ ବାରିକ, ହରେକୃଷ୍ଣ ପ୍ରଧାନ, ପ୍ରତାପ ଜେନାଙ୍କ ସମେତ ଶତାଧିକ ଜନସାଧାରଣ ଉପସ୍ଥିତ ରହି ଆଲୋଚନାରେ ଅଂଶ ଗ୍ରହଣ କରିଥିଲେ । ଉପରୋକ୍ତ କାର୍ଯ୍ୟକୁ ପରିଚାଳନା ପାଇଁ ଏକ କମିଟି ଗଠନ କରାଯାଇଛି ।

# ଭୁବନ ବିଜେପି ତରଫରୁ ସେବା ସପ୍ତାହ ଉଦଯାପିତ

ଭୁବନ, (ପିଏନ)- ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ୭୦ ତମ ଜନ୍ମଜୟନ୍ତୀ ଅବସରରେ ଭୁବନ ବିଜେପି ତରଫରୁ ଅନୁଷ୍ଠିତ ସେବା ସପ୍ତାହ କାର୍ଯ୍ୟକ୍ରମ ଉଦଯାପିତ ହୋଇଯାଇଛି । ବୃକ୍ଷରୋପଣ,ଦିବ୍ୟାଙ୍ଗଙ୍କୁ ଉପକରଣ ବଣ୍ଟନ,ଡାକ୍ତରଖାନାରେ ରୋଗୀଙ୍କୁ ଫଳ ବଣ୍ଟନ,ରକ୍ତଦାନ ଶିବିର ଏବଂ ଅନ୍ତିମ ଦିବସରେ ଗତକାଲି ପ୍ରସିଦ୍ଧ ଶୈବପୀଠ ବାବା ବୁଦ୍ଧେଶ୍ୱରଙ୍କ ମନ୍ଦିର ପରିସରରେ ସ୍ୱଚ୍ଛଭାରତ କାର୍ଯ୍ୟକ୍ରମ କରାଯାଇ ସେବା ସପ୍ତାହ ଉଦଯାପିତ ହୋଇଥିଲା । ଭୁବନ ନଗରମଣ୍ଡଳ ସଭାପତି ଭବାନୀ ଶଙ୍କର ବେହେରା ଙ୍କ ନେତୃତ୍ୱରେ ଆୟୋଜିତ ସମସ୍ତ କାର୍ଯ୍ୟକ୍ରମରେ କାମାକ୍ଷାନଗର ବିଧାୟକ ପ୍ରାର୍ଥୀ ତଥା ବରିଷ୍ଠ ବିଜେପି ନେତା ଶତ୍ରୁଘ୍ନ ଜେନା ମୁଖ୍ୟ ଅତିଥି ଭାବେ ଯୋଗଦେଇଥିଲେ । ମଣ୍ଡଳ ସାଧାରଣ ସଂପାଦକ ସୁରେନ୍ଦ୍ର କୁମାର ପୃଷ୍ଟି, ଯୁବମୋର୍ଚ୍ଚା ସଭାପତି ନିର୍ମଳ ଗୁରୁ, ପୂର୍ବତନ କାନସିଲର ମାୟାଧର ଗୁରୁ,ପବିତ୍ର ସାହୁ,ଗଣେଶ୍ୱର ନାୟକ,ସୁଶାନ୍ତ ନାୟକ,ସନ୍ତୋଷ ରାଉଳ,ନିରଂଜନ ଗୁରୁ, ମଳୟ ତ୍ରିପାଠୀ,ଜଗବନ୍ଧୁ ଗୁରୁ,ଅଜିତ ସାହୁ,ସଂଜୟ ଗୁରୁ,ନାରୀନେତ୍ରୀ ସରୋଜିନୀ ରଣା,ଅମ୍ବିକା ବେଜ,ସୁକାନ୍ତି ବେହେରା ପ୍ରମୁଖ ଯୋଗଦେଇ କାର୍ଯ୍ୟକ୍ରମକୁ ସଫଳ କରିଥିଲେ । ଅନୁରୂପ ଭାବେ ଭୁବନ ବ୍ଲକର ମହୁଲପାଳ ମଣ୍ଡଳ ସଭାପତି ଚୈତନ୍ୟ ବେହେରା,ମୃଦଙ୍ଗା ସରପଂଚ ଅଶୋକ ଦତ,ମହୁଲପାଳ ସରପଂଚ ମମତା ସାହୁ,ଗଗନ ବିହାରୀ ସାହୁ ଏବଂ ବାରଆଁ ମଣ୍ଡଳ ତରଫରୁ ସଭାପତି ସଂଜୟ ଦାସ ଙ୍କ ନେତୃତ୍ୱରେ ରସାନନ୍ଦ ମହାପାତ୍ର, ଜିଲ୍ଲା ସାଧାରଣ ସଂପାଦକ ପ୍ରେମାନନ୍ଦ ଜେନା ଙ୍କ ସହଯୋଗରେ ସେବା ସପ୍ତାହ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା ।

